୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.215 Bhubaneswar Thursday October 03 2024 | ୨୬ତମ ବର୍ଷ ସଂଖ୍ୟା-୨୧୫ ଭୁବନେଶ୍ୱର, ଗୁରୁବାର, ଅକ୍ଟୋବର ୦୩, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ଶଙ୍ଖଭବନ ପରେ ଆଜି ପୁଣି ଗଣମାଧ୍ୟମରେ ମୁହାଁମୁହିଁ ହେଲେ ଶ୍ରୀମୟୀ-ମନ୍ମଥ

ଭୁବନେଶ୍ୱର,୨।୧୦(ପି.ଏନ): ଗତକାଲି ଶଙ୍ଖଭବନ ପରେ ଆଜି ଗଣମାଧ୍ୟମରେ ମୁହାଁମୁହିଁ ହୋଇଛନ୍ତି ବିଜେଡି ନେତ୍ରୀ ଶ୍ରୀମୟୀ ମିଶ୍ର ଓ ମନ୍ମଥ ରାଉତରାୟ । ଆଜି ଭୁବନେଶ୍ୱରର ବଡଗଡ ବ୍ରିଟ୍ କଲୋନୀସ୍ଥିତ ନେତାଜୀ ପଡିଆରେ ବିଜେଡିର ଜନସମ୍ପର୍କ ପଦଯାତ୍ରା କାର୍ଯ୍ୟକ୍ରମରେ ଉଭୟ ସାମିଲ ହୋଇ ଗଣମାଧ୍ୟମରେ ବୟାନବାଜି କରିଛନ୍ତି। ଶ୍ରୀମୟୀ ନିଜର ଘର କଥା ବାହାରେ କହିବେ ନାହିଁ ବୋଲି ଆଜି ରୋକଠୋକ୍ ମନା କରିଦେଇଥିଲେ ମଧ୍ୟ ବୁଲେଇବଙ୍କ ?ଇ ତାଙ୍କ ପ୍ରତି ଅସମ୍ମାନ କରାଯାଇଥିବା ସ୍ୱୀକାର କରିଛନ୍ତି। ଆଉ ପୁରାଣ-ଇତିହାସର ଉଦାହରଣ ଦେଇ ମହିଳାଙ୍କୁ ଯିଏ ଅସମ୍ମାନ କରିଛି ତା'ର ଫଳ ତାକୁ ନିଶ୍ଚିତ ଭୋଗିବାକୁ ପଡିଛି ବୋଲି ସେ ସତର୍କ କରାଇ ଦେଇଛନ୍ତି। ଏପଟେ ମନ୍ମଥ ମଧ୍ୟ ପାଲଟା ଜବାବ ଦେଇ ମହିଳା ଖାଲି ସମ୍ମାନ ଆଶା କଲେ ହେବନି, ସେମାନେ ବି ସମ୍ମାନ ଦେବା ଶିଖନ୍ତୁ ବୋଲି କହିବା ସହ ଶ୍ରୀମୟୀଙ୍କୁ ସେ ଚିହ୍ନନ୍ତି ନାହିଁ କି କଥା ହୁଏନି ବୋଲି କହିବାକୁ ପଛାଇ ନାହାନ୍ତି । ତେବେ ବିଜେଡିର ଭୁବନେଶ୍ୱର ସାଂସଦ ପ୍ରାର୍ଥୀ





ହୋଇ ସେ ନିଜ ଦଳର ଭୁବନେଶ୍ୱର ସଂସଦୀୟ କ୍ଷେତ୍ର ପର୍ଯ୍ୟବେକ୍ଷିକା ଶ୍ରୀମୟୀ ମିଶ୍ରଙ୍କୁଙ୍କୁ କିଭଳି ଚିହ୍ନିଲେ ନାହିଁ ବୋଲି କହିବା ଦଳୀୟ କନ୍ଦଳକୁ ତୀବ୍ର କରାଇଛି ।ସୂଚନା ଅନୁସାରେ, ଗତକାଲି ଶଙ୍ଖଭବନରେ ବିଜେଡିର ଖୋର୍ଦ୍ଧା ସାଂଗଠନିକ ଜିଲ୍ଲାର ସମୀକ୍ଷା ବୈଠକରେ ଦଳର ଭୁବନେଶ୍ୱର ସଂସଦୀୟ କ୍ଷେତ୍ର ପର୍ଯ୍ୟବେକ୍ଷିକା ଶ୍ରୀମୟୀ ମିଶ୍ରଙ୍କୁ ଦଳର ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ ଓ ବେଗୁନିଆ ବିଧାୟକ ପ୍ରଦୀପ ସାହୁ ଦୁର୍ବ୍ୟବହାର କରିଥିବା ଜଣାପଡିଥିଲା। ଗତକାଲି ରାତିରେ ମନ୍ମଥ ଏନେଇ ଗଣମାଧ୍ୟମ ଆଗରେ ମୁହଁ ଖୋଲି ବୈଠକରେ ପାଟିତୁଣ୍ଡ ହୋଇଥିବା ସ୍ୱଷ୍ଟ କରିଥିଲେ । ଆଜି ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ଦ୍ୱାରା ଦଳର ଜନସମ୍ପର୍କ ପଦଯାତ୍ରା ଶୁଭାରମ୍ଭ କାର୍ଯ୍ୟକ୍ରମରେ ଉଭୟ ଶ୍ରୀମୟୀ ଓ ମନ୍ମଥଙ୍କୁ ଦେଖିବାକୁ ମିଳିଥିଲା ।

## ସେବା, ସ୍ୱାଭିମାନ ଓ ବିକାଶ ହେଉଛି ବିଜେଡିର ପରିଚୟ: ନବୀନ ପଟ୍ଟନାୟକ

ଭୁବନେଶ୍ୱର,୨।୧୦(ପି.ଏନ): ବିଜେଡି ସଙ୍ଗଠନକୁ ସୁଦୃଢ କରିବା ନିମନ୍ତେ ଆଜି ପଦଯାତ୍ରା ମାଧ୍ୟମରେ ପ୍ରୟାସ ଆରମ୍ଭ ହୋଇଛି । ସାଧାରଣ ନିର୍ବାଚନରେ ଦଳର ପରାଜୟ ପରେ କିଭଳି ଭାବେ ପୁର୍ନବାର ଦଳ ଲୋକଙ୍କ ଆସ୍ଥାଭାଜନ ହୋଇପରିବ, ତାକୁ ଦୃଷ୍ଟିରେ ରଖି ଆଜି ଠାରୁ ବିଜେଡି ଜନସମ୍ପର୍କ ପଦଯାତ୍ରା ଆରମ୍ଭ କରିଛି । ଏକାମ୍ର ନିର୍ବାଚନ ମଣ୍ଡଳୀର ବଡଗଡ ନେତାଜୀ ଖେଳପଡିଆ ଠାରୁ ପଦଯାତ୍ରା ଆରମ୍ଭ ହୋଇଛି । ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ଦ୍ୱାରା ଏହାକୁ ଶୁଭାରମ୍ଭ କରିଥିଲେ । ଏହି ଅବସରରେ ସୁପ୍ରିମୋ ନବୀନ ପଟ୍ଟନାୟକ ଯୋଗ ଦେଇ ଦଳର ନେତା ଓ କର୍ମୀଙ୍କୁ ଗୁରୁମନ୍ତ୍ର ଦେଇଛନ୍ତି ।ପଦଯାତ୍ରା ସମୟରେ ବିଜେପି ସରକାରକୁ ଟାର୍ଗେଟ କରି ନବୀନ କହିଥିଲେ, 'ମିଛ କହି ବିଜେପି ରାଜ୍ୟରେ



କ୍ଷମତାକୁ ଆସିଛି । ସେମାନେ ଇଝକଣ ନାଁ ବଦଳାଇଛନ୍ତି । ଲୋକ ସବୁ ଜାଣନ୍ତି । ଆପଣ ନାଁ ଆଉ ରଙ୍ଗ ବଦଳାଇ ପାରନ୍ତି କିନ୍ତୁ ଇତିହାସ ବଦଳାଇ ପାରିବେନି । ୩ ଶହ ୟୁନିଟ୍ ମାଗଣା ବିଜୁଳି ଏବଂ ୩ ହଜାର ଟଙ୍କା ଭତ୍ତା ଦେବେ ବୋଲି କହିଥିଲେ । ମାଆମାନଙ୍କୁ ୫୦ ହଜାର ଟଙ୍କା ଦେବେ ବୋଲି କହିଥିଲେ , କିନ୍ତୁ ଏପର୍ଯ୍ୟନ୍ତ କେତେ ଜଣ ପାଇଲେଣି । ମିଛ କହି ନିର୍ବାଚନ ଜିତିପାରନ୍ତି କିନ୍ତୁ ଲୋକଙ୍କ ହୃଦୟ କେବେ ହେଲେ ଜିତି ପାରିବେନି। ବିଜେପିଠାରୁ ବିଜେଡି ଅଧିକ ଭୋଟ ପାଇଛି । ବିଜେଡି ଲୋକଙ୍କ ହୃଦୟରେ ଅଛି । ସରକାରୀ କର୍ମଚାରୀମାନେ ରାଜଭବନରେ ବି ସୁରକ୍ଷିତ ନୁହଁନ୍ତି। ମୁଁ କ୍ଷମତାରେ ଥାଏ ବା ନ ଥାଏ କିନ୍ତୁ ଲୋକଙ୍କ ସେବା ଜାରି ରହିବ। ବିଜେଡି ଆଜି ସାମାଜିକ ଆନ୍ଦୋଳନରେ ପରିଣତ ହୋଇଛି। ସେବା, ସ୍ୱାଭିମାନ ଓ ବିକାଶ ହେଉଛି ବିଜେଡିର ପରିଚୟ' ବୋଲି କହିଛନ୍ତି ନବୀନ । ଏହା ବ୍ୟତୀତ ରାଜ୍ୟବାସୀଙ୍କୁ ଦଶହରାର ଶୁଭେଚ୍ଛା ଜଣାଇଥିଲେ ନବୀନ ।

## ଜାନୁୟାରୀ ୨୮ରେ ଉତ୍କର୍ଷ ଓଡିଶା କନକ୍ଲେଭ,୧୦୦ ଦିନରେ ଆସିଛି ୪୫ ହଜାର କୋଟି ପୁଞ୍ଜି: ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୨।୧୦(ପି.ଏନ): ଆସନ୍ତାବର୍ଷ ଜାନୁୟାରୀ ୨୮ ଓ ୨୯ତାରିଖରେ ଉତ୍କର୍ଷ ଓଡିଶା - ୨୦୨୫ କନକ୍ଲେଭ ପାଇଁ ଦିନ ଧାର୍ଯ୍ୟ କରାଯାଇଛି । ଆଗାମୀ ୫ ବର୍ଷରେ ୫ ଲକ୍ଷ କୋଟି ଟଙ୍କାର ପୁଞ୍ଜି ଆକର୍ଷଣ କରିବା ଆମର ଲକ୍ଷ୍ୟ ରଖିଛୁ ଓ ୧୦୦ ଦିନ ଭିତରେ ୪୫ ହଜାର କୋଟି ଟଙ୍କାର ପୁଞ୍ଜି ଓଡିଶାକୁ ଆସିସାରିଛି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୂଚନା ଦେଇଛନ୍ତି ।ଦୁଇଦିନିଆ ଦିଲ୍ଲୀ ଗସ୍ତରେ ଯିବା ପୂର୍ବରୁ ଆଜି ଭୁବନେଶ୍ୱର ବିମାନ ବନ୍ଦରରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ଯେ, ସେ ଦୁଇଦିନ ପାଇଁ ଦିଲ୍ଲୀ ଗସ୍ତରେ ଯାଉଛନ୍ତି । ଦିଲ୍ଲୀରେ ନିବେଶକ ସମ୍ମିଳନୀରେ ଯୋଗ ଦେଇ ଓଡିଶା ଆସିବା ପାଇଁ ମଧ୍ୟ ପୁଞ୍ଜିନିବେଶକଙ୍କୁ ନିବେଦନ କରିବେ। ଓଡିଶାକୁ ବହୁ ସଂଖ୍ୟାରେ ପୁଞ୍ଜିନିବେଶକଙ୍କୁ ଆକୃଷ୍ଟ କରିବା ପାଇଁ ସେ ଉଦ୍ୟମ କରିବେ । ବିଭିନ୍ନ ପୁଞ୍ଜିନିବେଶକଙ୍କ ସହ ୱାନଟୁୱାନ୍ ଆଲୋଚନା ମଧ୍ୟ କରିବେ। ଏହାସହ ବିଶେଷକରି ଫୁଡ୍ ପ୍ରୋସେସିଂ, ଆଇଟି, କେମିକାଲ, ପେଟ୍ରୋ କେମିକାଲ କ୍ଷେତ୍ରରେ ପୁଞ୍ଜିନିବେଶ ଉପରେ ପ୍ରାଥମିକତା ଦିଆଯିବ । ଏଦିଗରେ ବିଭିନ୍ନ ପୁଞ୍ଜିନିବେଶକଙ୍କ ସହ ଆଲୋଚନା କରାଯିବ ।ଓଡିଶାରେ ପୁଞ୍ଜିଲଗାଣ ତଥା ଶିଳ୍ପ ପ୍ରତିଷ୍ଠା ସମ୍ବନ୍ଧରେ ଥିବା ସକରାତ୍ମକ ଇକୋସିଷ୍ଟମ ସମ୍ବନ୍ଧରେ ସେ ଅବଗତ କରାଇବେ ।

### ପ୍ରଧାନମନ୍ତ୍ରୀ ପିଲାମାନଙ୍କ ସହିତ ଝାଡୁ ଧରି ସଫେଇ କଲେ...

ନୂଆଦିଲ୍ଲୀ,୨।୧୦(ପି.ଏନ): ଗାନ୍ଧୀ ଜୟନ୍ତୀ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ୱଚ୍ଛତା ଅଭିଯାନରେ ଭାଗ ନେଇଥିଲେ। ସେ ଦିଲ୍ଲୀର ସ୍କୁଲ ପିଲାମାନଙ୍କ ସହ ଝାଡୁ ଧରି ସଫେଇ କରିଛନ୍ତି। ଏହି ଅବସରରେ ପ୍ରଧାନମନ୍ତ୍ରୀ ଲୋକଙ୍କୁ ସ୍ୱଛତା ଅଭିଯାନରେ ଭାଗ ନେବାକୁ ନିବେଦନ କରିଛନ୍ତି। ସେ କହିଛନ୍ତି, ମୁଁ ତୁମ ସମସ୍ତଙ୍କୁ ଅନୁରୋଧ କରୁଛି ଯେ ଆଜି ଆପଣଙ୍କ ଚାରିପାଖରେ ପରିଷ୍କାର ପରିଚ୍ଛନ୍ନତା ସହ ଜଡିତ ଅଭିଯାନର ଏକ ଅଂଶ ହୁଅନ୍ତୁ। ଆପଣଙ୍କ ପଦକ୍ଷେପ ସ୍ୱଚ୍ଛ ଭାରତର ଭାବାନକୁ ଆହୁରି ସଶକ୍ତ କରିବ।ସ୍ୱଛତା ହିଁ ସେବା ୨୦୨୪ କାର୍ଯ୍ୟକ୍ରମରେ ପ୍ରଧାନମନ୍ତ୍ରୀ ମୋଦୀ କହିଛନ୍ତି, ଭାରତର ସ୍ୱପ୍ନ ଯାହା ଗାନ୍ଧିଜୀ ଏବଂ ଦେଶର ମହାନ ବ୍ୟକ୍ତିତ୍ୱମାନେ ଦେଖିଛନ୍ତି, ଆସନ୍ତୁ ସମସ୍ତେ ସେହି ସ୍ୱପ୍ନକୁ ପୂରଣ କରିବା। ଆଜି ଆମକୁ ଏହି ଭାବନା ପ୍ରେରଣା ଯୋଗାଇଏ । ଆଜି, ୨ ଅକ୍ଟୋବରରେ, ମୋର କର୍ତ୍ତବ୍ୟ ସେହିଭଳି ଭାବପ୍ରବଣତାରେ ପରିପୂର୍ଣ୍ଣ।

## ୨୭ ବର୍ଷ ପରେ ଆସିଲା ବିରଳ ସୁଯୋଗ: ଅକ୍ଟୋବର ୧୫ରେ ଖାଲି ଆଖିରେ 'ଧୂମକେତୁ' ଦେଖିବେ ଜନସାଧାରଣ

ଭୁବନେଶ୍ୱର,୨।୧୦(ପି.ଏନ): ଦୀର୍ଘ ୨୭ ବର୍ଷ ପରେ ଆସୁଛି ଏକ ବିରଳ ସୁଯୋଗ । ଅକ୍ଟୋବର ୧୫ରୁ ୨୦ ତାରିଖ ମଧ୍ୟରେ ଜନସାଧାରଣ ଖାଲି ଆଖିରେ ଧୂମକେତୁ ଦେଖି ପାରିବେ । ପଠାଣି ସାମନ୍ତ ପ୍ଲାନେଟାରିୟମର ପୂର୍ବତନ ଉପନିର୍ଦ୍ଦେଶକ ଏ ବାବଦରେ ସୂଚନା ଦେଇଛନ୍ତି । ଅକ୍ଟୋବର ୧୨ରେ ପାଖାପାଖି ୭ କୋଟି କିମି ଦୂରରେ ଏହି ଧୂମକେତୁ ପୃଥିବୀର ନିକଟତମ ଅବସ୍ଥାକୁ ଆସିବ । ୧୫ ତାରିଖ ସନ୍ଧ୍ୟା ୬.୧୫ରେ ତାହା ପଶ୍ଚିମ ଦିଗବଳୟର ପ୍ରାୟ ୧୬ ଡିଗ୍ରୀ ଉପରେ ଦୃଶ୍ୟମାନ ହେବ ।ତା'ପରେ ତାହା ଧୀରେଧୀରେ ତଳ ଆଡକୁ ଗି କରିବା ସହ ପାଖାପାଖି ୩୦ ମିନିଟ ପରେ ଅସ୍ତ ହୋଇଯିବ । ପରବର୍ତ୍ତୀ ଦିନଗୁଡିକରେ ସମାନ ସମୟରେ ତାହା ପୂର୍ବଦିନଠାରୁ ପ୍ରାୟ ୪ ଡିଗ୍ରୀ ଉପରେ ଦୃଶ୍ୟମାନ ହେବ । ତେବେ ପୂର୍ବ ଦିନ ତୁଳନାରେ ଅସ୍ତ ହେବାକୁ ୧୦-୧୨ ମିନିଟ୍ ସମୟ ନେବ । ଏହାପରେ ଧୀରେଧୀରେ ତାହା ୨୦ ତାରିଖରେ ୩୬ ଡିଗ୍ରୀ ଉପରେ ପହଞ୍ଚିଯିବ । ଧୂମକେତୁ ସୂର୍ଯ୍ୟଠାରୁ ଦୂରେଇ ଯାଉଥିବାରୁ ୨୦ ତାରିଖ ପରେ ଏହାକୁ ଆଉ ଖାଲି ଆଖିରେ ଦେଖିହେବ ନାହିଁ । ସୂଚନାଯୋଗ୍ୟ ଯେ, ଗତ ୧ ତାରିଖ ଭୋର ସମୟରେ ରାଜ୍ୟ ତଥା ଦେଶର କିଛି ସ୍ଥାନରେ ଲୋକମାନେ 'ସି/ ୨୦୨୩ ଏ-୩' ଧୂମକେତୁକୁ ସାଧାରଣ ଦୂରବୀକ୍ଷଣ ଓ ବାଇନୋକୁଲାରରେ ଦେଖିପାରିଥିଲେ । ୮୦ ହଜାର ବର୍ଷ ପରେ ପୁଣି ଥରେ ଏହି ଧୂମକେତୁ ଦୃଶ୍ୟମାନ ହେବ ବୋଲି କୁହାଯାଇଛି ।

### ସାବଧାନ ! ଗୁଟଖା ଖାଇ ରାସ୍ତାରେ ଛେପ ପକାଇଲେ ଉଠାଯିବ ଫଟୋ: ଗଡକରୀଙ୍କ ତାଗିଦ୍

ନାଗପୁର,୨।୧୦(ପି.ଏନ): ଗୁଟଖା ଏବଂ ପାନ୍ ମସଲା ଖାଉଥିବା ଲୋକମାନେ ସର୍ବସାଧାରଣ ଚଳପ୍ରଚଳ ହେଉଥିବା ରାସ୍ତାରେ ଛେପ ପକାଇଥାନ୍ତି। ପରିଷ୍କାର ରାସ୍ତାରେ ମଧ୍ୟ ଗୁଟଖାର ଚିହ୍ନ ଦେଖିବାକୁ ମିଳେ। ଅନ୍ୟପଟେ, ଯଦି ଗୁଟଖା ଛେପ ପକାଉଥିବା ବ୍ୟକ୍ତିଙ୍କୁ କେହି ଗାଳି ଦିଅନ୍ତି, ତେବେ ଏଭଳି କରୁଥିବା ବ୍ୟକ୍ତି ସେମାନଙ୍କ ଉପରେ କ୍ରୋଧିତ ହୁଅନ୍ତି ।କିନ୍ତୁ କେନ୍ଦ୍ରମନ୍ତ୍ରୀ ନୀତିନ ଗଡକରୀ ଏଭଳି ଲୋକଙ୍କ ପାଇଁ ସମାଧାନର ବାଟ ପ୍ରକାଶ କରିଛନ୍ତି।

## ଯାଜପୁରରେ ବିଜେଡିର ତିନି ଗୋଷ୍ଠୀ ମଧ୍ୟରେ ପଦଯାତ୍ରା ପ୍ରତିଯୋଗିତା !



ଭୁବନେଶ୍ୱର,୨।୧୦(ପି.ଏନ): ଆଜି ହେଉଛି ଜାତୀର ଜନକ ମହାତ୍ମା ଗାନ୍ଧିଙ୍କ ଜୟନ୍ତୀ। ବାପୁଙ୍କର ପୂଣ୍ୟ ଜନ୍ମ ଦିବସକୁ ସାରା ଦେଶ ଧୂମ୍‌ଧାମ୍‌ରେ ପାଳୁଥିବା ବେଳେ ଯାଜପୁର ବିଜେଡିରେ ଦେଖିବାକୁ ମିଳିଛି ବିଚିତ୍ର ଚିତ୍ର। ଜନ ସମ୍ପର୍କ ପଦଯାତ୍ରା ନାଁରେ ନିଜ ପତିଆରା ଦେଖାଇବା ପାଇଁ ବିଜେଡିର ୩ ନେତା ଅଲଗା ଅଲଗା ଯାଇ ବାପୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହିତ ପଦଯାତ୍ରା କରିଛନ୍ତି। ଆଉ ନିଜ ସମର୍ଥକଙ୍କ ମନୋବଳ ବ?ାଇବା ପାଇଁ ଗୁରୁମନ୍ତ୍ର ଦେଇଛନ୍ତି। ସତେ ଯେମିତି ଲାଗୁଛି ବିଜେଡି ଭିତରେ ପଦଯାତ୍ରା ପ୍ରତିଯୋଗିତା ଚାଲିଛି ।ଜାତିର ପିତା ମହାତ୍ମା ଗାନ୍ଧିଙ୍କ ଜୟନ୍ତୀରେ ବିଜେଡି ଆରମ୍ଭ କରିଛି ପଦଯାତ୍ରା। ତେଣୁ ଆଜି ସକାଳ ପ୍ରାୟ ୯ଟା ବେଳେ ବଡଚଣା ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟକ ଅମର ପ୍ରସାଦ ଶତପଥୀ ଓ ତାଙ୍କ ସମର୍ଥକ ବଇରୀରେ ପହଞ୍ଚିଥିଲେ। ପରେ ବାପୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ତା'ପରେ ବିଶାଳ ଶୋଭାଯାତ୍ରାରେ ଚମ୍ପାପୁର ପର୍ଯ୍ୟନ୍ତ ପଦଯାତ୍ରାରେ ଯାଇଥିଲେ।

### ବିବାଦରେ ବିଧାୟକଙ୍କ ବୟାନ, କହିଲେ- 'ଫାଷ୍ଟ୍ ରେଟ' ମହିଳାମାନେ ଚାଷୀଙ୍କ ପୁଅମାନଙ୍କୁ ବାହା ହୁଅନ୍ତିନି

ଭୁବନେଶ୍ୱର,୨।୧୦(ପି.ଏନ):ମହିଳା ଓ ଚାଷୀମାନଙ୍କ ପୁଅଙ୍କୁ ନେଇ ଦେଇଥିବା ମନ୍ତବ୍ୟ ପାଇଁ ବିବାଦରେ ପଡିଛନ୍ତି ମହାରାଷ୍ଟ୍ରର 'ସ୍ୱାଭିମାନୀ ପକ୍ଷ' ବିଧାୟକ ଦେବେନ୍ଦ୍ର ଭୂୟାର। ବରୁଡ-ମୋର୍ଶୀ ବିଧାନସଭା ଆସନରୁ ବିଜୟୀ ହୋଇଥିବା ଦେବେନ୍ଦ୍ର ଭୂୟାର ଉପ-ମୁଖ୍ୟମନ୍ତ୍ରୀ ଅଜିତ ପାୱାରଙ୍କର ଜଣେ ସମର୍ଥକ ଭାବେ ଜଣାଶୁଣା।ମଙ୍ଗଳବାର ଅମରାବତୀରେ ଏକ ଜନସଭାକୁ ସମ୍ବୋଧିତ କଲା ବେଳେ ସେ କହିଥିଲେ, ଯଦି ଜଣେ ମହିଳା ଦେଖିବାକୁ ଖୁବ୍ ସୁନ୍ଦର, ତା'ହେଲେ ସେ ମୋ ଭଳି କିମ୍ବା ତୁମମାନଙ୍କ ଭଳି ବ୍ୟକ୍ତିଟିଏକୁ ଜୀବନସାଥୀ ଭାବେ ବାଛିବେ ନାହିଁ। ସେ ଜଣେ ଚାକିରିଆକୁ ବାହା ହେବାକୁ ଚାହିଁବେ।

## ଇସ୍ରାଏଲ ବୈଦେଶିକ ମନ୍ତ୍ରୀଙ୍କ ବଡ ଘୋଷଣା, ତାଙ୍କ ଦେଶରେ ପାଦ ପକାଇ ପାରିବେନି ଜାତିସଂଘ ମହାସଚିବ

ଭୁବନେଶ୍ୱର,୨।୧୦(ପି.ଏନ):ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁଟେରସଙ୍କୁ ବ୍ୟାନ୍ କରିଛି ଇସ୍ରାଏଲ୍। ଇସ୍ରାଏଲ ମାଟିକୁ ଗୁଟେରସଙ୍କ ପ୍ରବେଶ ଉପରେ ନିଷେଧ ଘୋଷଣା କରିଛି। ଇସ୍ରାଏଲ ଉପରେ ଇରାନର ଆକ୍ରମଣକୁ ନିନ୍ଦା କରି ନଥିବାରୁ ଏହି ବ୍ୟାନ୍ ଘୋଷଣା କରାଯାଇଛି। ଇସ୍ରାଏଲର ବୈଦେଶିକ ମନ୍ତ୍ରୀ ଇସ୍ରାଏଲ କ୍ୟାଟ୍‌ଜ ବୁଧବାର ତାଙ୍କ 'ଏକ୍ସ'ରେ ଏହି ସୂଚନା ଦେଇଛନ୍ତି ।ସେ କହିଛନ୍ତି, ଇସ୍ରାଏଲ ପରେ ଇରାନର ଘୃଣ୍ୟ ଆକ୍ରମଣକୁ ପୃଥିବୀର ପ୍ରାୟ ସମସ୍ତ ଦେଶ ନିନ୍ଦା କରିଛନ୍ତି। କିନ୍ତୁ ଯିଏ ଏହି ଆକ୍ରମଣକୁ ସ୍ପଷ୍ଟ ଭାବେ ନିନ୍ଦା କରିପାରିବେ ନାହିଁ, ତାଙ୍କର ଇସ୍ରାଏଲର ମାଟିରେ ପାଦ ପକାଇବାର ଅଧିକାର ନାହିଁ। ଇସ୍ରାଏଲର ବୈଦେଶିକ ମନ୍ତ୍ରୀ ଆହୁରି କହିଛନ୍ତି, ଇଏ (ଆଣ୍ଟୋନିଓ ଗୁଟେରସ) ହେଉଛନ୍ତି ଜଣେ ମହାସଚିବ, ଯିଏ ଅକ୍ଟୋବର ୭ ତାରିଖରେ ହମାସର ହତ୍ୟାକାରୀଙ୍କ ଦ୍ୱାରା ଘଟାଯାଇଥିବା ଗଣହତ୍ୟା ଓ ଯୌନ ନିର୍ଯାତନାକୁ ଏ ପର୍ଯ୍ୟନ୍ତ ନିନ୍ଦା କରି ନାହାନ୍ତି କି ସେମାନଙ୍କୁ (ହମାସକୁ) ଆତଙ୍କବାଦୀ ସଂଗଠନ ଘୋଷଣା କରିବାକୁ ଉଦ୍ୟମ କରି ନାହାନ୍ତି।

## ରାଜଧାନୀ ଲଜ୍ଜା: ବନ୍ଧା ହେଲେ ଦୁଇ ଦୁଷ୍କର୍ମ ଅଭିଯୁକ୍ତଙ୍କ ସମେତ ୩

ଭୁବନେଶ୍ୱର,୨।୧୦(ପି.ଏନ): ଦୁଇ ଦିନ ତଳେ ରାଜଧାନୀ ଭୁବନେଶ୍ୱରରେ ଘଟିଥିଲା ଲଜ୍ଜା ଜନକ ଘଟଣା। ବିଳମ୍ବିତ ରାତିରେ ଘରେ ପଶି ଦୁଇ ଅଭିଯୁକ୍ତ ଜଣେ ସ୍ୱାମୀ ପରିତ୍ୟକ୍ତା ମହିଳାଙ୍କୁ ତାଙ୍କ ଝିଅ ଆଗରେ ଗଣ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଥିଲା। ଏହି ଘଟଣା ସମ୍ନାକୁ ଆସିବା ପରେ ରାଜଧାନୀରେ ହଇଚଇ ସୃଷ୍ଟି ହୋଇଥିଲା। ଆଉ ସମାଲୋଚନାରେ ଶିକାର ହୋଇଥିଲା କମିଶନରେଟ୍ ପୁଲିସ୍। ରାଜଧାନୀରେ ନାରୀ କେତେ ସୁରକ୍ଷିତ ବୋଲି ପ୍ରଶ୍ନ ଉଠିଥିଲା। ନାନା ସମାଲୋଚନାରେ ଶିକାର ହେବା ପରେ ଆଜି ପୁଲିସ୍ ଦୁଇ ଦୁଷ୍କର୍ମ ଅଭିଯୁକ୍ତଙ୍କ ସମେତ ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ମୈତ୍ରି ବିହାରର ୫ ତାରକା ଆପାର୍ଟମେଣ୍ଟ୍। ସେହି ଆପାର୍ଟମେଣ୍ଟରେ ରହୁଥିଲେ ଟୁକୁନା ନାୟକ। ସେ ପେସାରେ ଜଣେ ଅଟୋ ଚାଳକ।



ତାଙ୍କର ସାଙ୍ଗ ହେଉଛନ୍ତି ବିକାଶ ନାୟକ। ପୂର୍ବରୁ ସେ ସେହି ଆପାର୍ଟମେଣ୍ଟରେ ରହୁଥିବା ବେଳେ ଏବେ କିନ୍ତୁ ଅନ୍ୟ ଅଞ୍ଚଳରେ ରହୁଛନ୍ତି। ସିଏ ହେଉଛନ୍ତି ଜଣେ ଡ୍ୟାନ୍ସର। ଆଉ ତାଙ୍କର ସାଙ୍ଗ ହେଉଛନ୍ତି ଜଗା ସିଂ। ସିଏ ହେଉଛନ୍ତି ଜଣେ ଗ୍ଲାସ୍ ଇଣ୍ଟେରିୟର ମିସ୍ତ୍ରୀ। ଯେହେତୁ ଏମାନଙ୍କର ବନ୍ଧୁତା ଥିଲା, ତେଣୁ ବିକାଶ ଓ ଜଗା ନିୟମିତ ଟୁକୁନାଙ୍କ ଫ୍ଲାଟ୍ ?କୁ ଯିବା ଆସିବା କରୁଥିଲେ। ତେଣୁ ତାଙ୍କୁ ସିକ୍ୟୁରିଟି ଗାର୍ଡ କେବେ ଅଟକାଉନଥିଲେ କି ପ୍ରଶ୍ନ କରୁନଥିଲେ। ଏହି ଯିବା ଆସିବା ଭିତରେ ଆପାର୍ଟମେଣ୍ଟରେ ଏକୁଟିଆ ରହୁଥିବା ବ୍ୟକ୍ତିଙ୍କ ଉପରେ ନଜର ପକାଉଥିଲେ ବିକାଶ ଓ ଜଗା।

## ଥିଲା ସବୁଜ, ହେଲା ବାଦାମୀ: ବଦଳିଲା ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କର ୟୁନିଫର୍ମ ରଙ୍ଗ

ଭୁବନେଶ୍ୱର,୨।୧୦(ପି.ଏନ): ହାଇସ୍କୁଲ ପିଲାଙ୍କ ୟୁନିଫର୍ମକୁ ନେଇ ରାଜ୍ୟ ସରକାର ଏକ ବଡ ନିଷ୍ପତ୍ତି ନେଇଛନ୍ତି । ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କର ସ୍କୁଲ ୟୁନିଫର୍ମ ରଙ୍ଗ ବଦଳିଛି । ଫଳରେ ଏଣିକି ଛାତ୍ରଛାତ୍ରୀମାନେ ସବୁଜ ରଙ୍ଗ ବଦଳରେ ବାଦାମୀ ରଙ୍ଗ ପିନ୍ଧିବେ । ମୁଖ୍ୟମନ୍ତ୍ରୀ ଛାତ୍ରଛାତ୍ରୀ ପରିଧାନ ଯୋଜନାରେ ଏହି ରଙ୍ଗ ପରିବର୍ତ୍ତନ କରିବା ନେଇ ନିଷ୍ପତ୍ତି ନିଆଯାଇଛି । ସମସ୍ତ ସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ସ୍କୁଲର ଛାତ୍ରଛାତ୍ରୀ ନୂଆ ବାଦାମୀ ରଙ୍ଗର ୟୁନିଫର୍ମ ପରିଧାନ କରିପାରିବେ । ରାଜ୍ୟ ସରକାରଙ୍କ ତରଫରୁ ଏହି ସମସ୍ତ ସ୍କୁଲକୁ ୟୁନିଫର୍ମ ଯୋଗାଇ ଦିଆଯିବ । ଏନେଇ ସ୍କୁଲ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟକୁ ଚିଠି ଲେଖାଯାଇଛି ।ସୂଚନାଯୋଗ୍ୟ ଯେ, ଏହା ପୂର୍ବରୁ ଗତବର୍ଷ ସ୍କୁଲ ୟୁନିଫର୍ମକୁ ନେଇ ମଧ ସରକାର ନିଷ୍ପତ୍ତି ନେଇଥିଲେ । ସମସ୍ତ ସରକାରୀ ଓ ଅନୁଦାନପ୍ରାପ୍ତ ହାଇସ୍କୁଲର ନବମ ଏବଂ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କର ୟୁନିଫର୍ମର ରଙ୍ଗ ଧଳା ଓ ଘନନୀଳ ରହିଥିବା ବେଳେ ଛାତ୍ରଛାତ୍ରୀମାନେ 'ହଣ୍ଟର ଗ୍ରୀନ' ରଙ୍ଗର ପୋଷାକ ପିନ୍ଧିବା ନେଇ ନିଷ୍ପତ୍ତି ନିଆଯାଇଥିଲା । ପୁଅ ପିଲାଙ୍କ ପାଇଁ ଫୁଲ ପ୍ୟାଣ୍ଟ ଓ ଶାର୍ଟ ରହିଥିବା ବେଳେ ଝିଅଙ୍କ ପାଇଁ ଚୁଡିଦାର-ପଞ୍ଜାବୀ ସହ ଜ୍ୟାକେଟ ପୋଷାକ ରହିଥିଲା । ସପ୍ତାହକୁ ୫ ଦିନ ପାଇଁ ଛାତ୍ରଛାତ୍ରୀ ସ୍କୁଲକୁ ୟୁନିଫର୍ମ ପିନ୍ଧି ଯିବାକୁ କୁହାଯାଇଥିଲା । ଏଥିସହିତ ସମସ୍ତଙ୍କ ପାଇଁ କଳା ଜୋତା ଓ ଧଳା ମୋଜା ବାଧ୍ୟତାମୂଳକ କରାଯାଇଥିଲା ।

## ୫୦ ବର୍ଷ ମଧ୍ୟରେ ଆମେରିକାର ସବୁଠାରୁ ବଡ ଧର୍ମଘଟ: ଚୀନ୍-ପାକିସ୍ଥାନର ସମସ୍ୟା ବଢ଼ିଲା

ୱାଶିଂଟନ,୨।୧୦(ପି.ଏନ): ଆମେରିକାରେ ୫୦,୦୦୦ରୁ ଅଧିକ ବନ୍ଦର କର୍ମଚାରୀ ଧର୍ମଘଟ ଡାକରା ଦେଇଛନ୍ତି। ୧୯୭୭ପରଠାରୁ ଗତ ୫୦ ବର୍ଷ ମଧ୍ୟରେ ଦେଶରେ ପ୍ରଥମ ଥର ପାଇଁ ଏତେ ସଂଖ୍ୟକ ଶ୍ରମିକ ଧର୍ମଘଟରେ କରିଛନ୍ତି। ଏହି ବନ୍ଦରଗୁଡିକ ଆମେରିକାର ମୋଟ ଆମଦାନୀର ପ୍ରାୟ ୪୦ପ୍ରତିଶତ ଅଂଶଧନ ପରିଚାଳନା କରିଥାଏ।ଏହି ଧର୍ମଘଟ ଯୋଗୁ ଆମେରିକାରେ ପ୍ରତିଦିନ ୫ବିଲିୟନ ଡଲାର ପର୍ଯ୍ୟନ୍ତ କ୍ଷତି ଘଟିବାର ଆଶଙ୍କା ରହିଛି। ଚୁକ୍ତିନାମା ବିଫଳ ହେବା ଯୋଗୁ ବନ୍ଦର କର୍ମଚାରୀମାନେ ଧର୍ମଘଟରେ ଅଛନ୍ତି। ଜୁନ୍ ମାସରେ ବନ୍ଦର ଶ୍ରମିକ ସଂଗଠନ ଆଇଏଲଏ ଆମେରିକା ସାମୁଦ୍ରିକ ଆଲାଏନ୍ସ ସହିତ ଆଲୋଚନାକୁ ସ୍ଥଗିତ ରଖିଥିଲା । କୌଣସି ଚୁକ୍ତି ବିନା ସେପ୍ଟେମ୍ବର ୩୦ରେ ଚୁକ୍ତିନାମା ସମାପ୍ତ ହୋଇଛି। ଯଦି ଏହି ଧର୍ମଘଟ ଏକ ମାସ ପର୍ଯ୍ୟନ୍ତ ଜାରି ରହେ, ତେବେ ଏହା ଯୋଗୁ ଆମେରିକାରେ ୧୩୦ ବିଲିୟନ ଡଲାରର କ୍ଷତି ଘଟାଇପାରେ।ସାମ୍ପ୍ରତିକ ଚୁକ୍ତିନାମା ଅନୁଯାୟୀ, ୟୁନିଅନର ସଦସ୍ୟମାନେ ଘଣ୍ଟାକୁ ୨୦ ରୁ ୩୭ ଡଲାର ପର୍ଯ୍ୟନ୍ତ ମଜୁରୀ ଗ୍ରହଣ କରନ୍ତି।








# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେଓ୍ୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ ୭ରୁ ୮ ଘଂଟାର ନୀଦ ପୂରା କରିବା ଉଚିତ୍ ।

## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତ୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତ୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତ୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତ୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୁଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡ଼ିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କେନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡ୍ତୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।




# ଓଡ଼ିଶାରେ ମାତୃଶକ୍ତି ଓ ଦୁର୍ଗାପୂଜା ପରମ୍ପରା

ଭାରତୀୟ ସଂସ୍କୃତିରେ ସର୍ବ ପ୍ରଥମେ ବୈଦିକ ଦୁର୍ଗାସୂତରେ ସୂକ୍ଷ୍ମଦୃଷ୍ଟିରେ ଦୁର୍ଗାଙ୍କର ମହିମା ବର୍ଣ୍ଣିତ । ଏହି ଦୁର୍ଗାସୂତ୍ରର ମନ୍ତ୍ର ପଠନ ଦ୍ୱାରା ସମସ୍ତ ଦୁଃଖ ଦୂରୀଭୂତ ହେବାସହ କୁପ୍ରବୃ ିର ବିନାଶ ହୋଇଥାଏ । ଉପନିଶଦ ମାନଙ୍କରେ ତୈ ରୀୟ ଆରଣ୍ୟକର ଯାନ୍ତ୍ରିକ ଉପନିଶଦରେ ପ୍ରଥମେ ଦୁର୍ଗାଙ୍କ ଗାୟତ୍ରୀ ମନ୍ତ୍ର ବିଷୟରେ ସୂଚନା ଦିଆଯାଇଛି । ମହଞ୍ଜୋଦାର ଓ ହର୍ପ୍ପାର ପ୍ରତ୍ନତା ିକ ଖନନରୁ ମାତୃଶକ୍ତି ଉପାସନା ସମ୍ବନ୍ଧରେ ଯଥେଷ୍ଟ ପ୍ରମାଣ ମିଳିଛି । ବହୁ ପ୍ରସ୍ତର ନିର୍ମିତ ନାରୀମୂ ି, ଦେବୀ ମୂ ି ଓ ଚକ୍ରାକାର ପ୍ରସ୍ତର ସମୂହରୁ ସେ ସମୟରେ ମାତୃଶକ୍ତି ଉପାସନା ସମ୍ପର୍କରେ ବହୁ ତଥ୍ୟର ଆଭାସ ମିଳେ । ସେହି ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ପ୍ରାଚୀନ ଓଡ଼ିଶାର ମୁଖ୍ୟତଃ କଳିଙ୍ଗ, ଉତ୍କଳ ଓ ଉଡ୍ରଦେଶ ପରି ଏହିପରି ତିନିଗୋଟି ଭୂଖଣ୍ଡରେ ବିଭକ୍ତ ଥିଲା । ସାଧାରଣତଃ କଟକ, ପୁରୀ, ବାଲେଶ୍ୱର, ମୟୂରଭଞ୍ଜ, ଫୁଲବାଣୀ ଓ ସିଂହଭୂମକୁ ଉଡ୍ରଦେଶ ଭାବେ ବୁଝାଯାଉଥିଲା । ଗଞ୍ଜାମ, କୋରାପୁଟ ଓ ତତ୍କାଳୀନ ସୀମାନ୍ତବ ୀ ବିଜୟନଗରମ୍ ଇତ୍ୟାଦି ଅ ଳକୁ କଳିଙ୍ଗ କୁହାଯାଉଥିବାବେଳେ ଅବଶିଷ୍ଟ ଅ ଳକୁ ଉତ୍କଳ କୁହାଯାଉଥିଲା । ଶକ୍ତି ସଙ୍ଗମ ତନ୍ତ୍ରରେ କଳିଙ୍ଗ ଓ ଉତ୍କଳର ନାମଲିପିବଦ୍ଧ ।

ଖ୍ରୀଷ୍ଟ ପୂର୍ବ ତୃତୀୟ ଶତାବ୍ଦୀରୁ ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ଓଡ଼ିଶାରେ ପ୍ରାଚୀନ ଶବରିତନ୍ତ୍ର ଅନୁଯାୟୀ ମାତୃଶକ୍ତି ଉପାସନା ଆରମ୍ଭ ହୋଇଥିଲା । କିମ୍ବଦନ୍ତୀରୁ ଜଣାଯାଏ ଯେ ଏହି ଉଡ୍ରଦେଶରେ ଏହି ପ୍ରାଚୀନ ଶବରୀତନ୍ତ୍ର ମତରେ ଶବର ରାଜା ବିଶ୍ୱାବସୁ ନୀଳମାଧବଙ୍କୁ ପୂଜା କରୁଥିଲେ ଓ ଶବରୀ କନ୍ୟା ଲଳିତା ଥିଲେ ତାଙ୍କ ସହାୟିକା । ଶବରୀତନ୍ତ୍ରରେ ଯେଉଁ ପତ୍ରମାଳିନୀ ବନଦେବୀଙ୍କୁ ପ୍ରାଚୀନ ଉତ୍କଳରେ ଉପାସନା କରାଯାଉଥିଲା ପରବ ୀ ପୁରାଣ ଓ ତନ୍ତ୍ର ଯୁଗରେ ସେହି ଦେବୀଙ୍କୁ ବନଦୁର୍ଗା ରୂପେ ଉପାସନା କରାଯାଇଥିଲା । ଯାହାପାଇଁ ପ୍ରାଚୀନ ପତ୍ରମାଳିନୀ ଦେବୀଙ୍କ ପରିବ େ ଦ୍ୱିଭୂଜା, ଚର୍ତୁଭୂଜା ଓ ଅଷ୍ଟଭୂଜା ପ୍ରଭୃତି ଦେବୀ ମୂ ିଙ୍କର ରୂପ ଓ ଆୟୁଧ କଳ୍ପନା କରାଯାଇଥିଲା । ଏଣୁ ଶବରୀତନ୍ତ୍ରର ବନଦେବୀ ହିଁ ଓଡ଼ିଶାର ପ୍ରାଚୀନ ବନଦୁର୍ଗା ରୂପେ ପ୍ରଥମେ ଆର୍ବିଭୂତା ହୋଇଥିଲେ । ଓଡ଼ିଶାର ପୁରପଲ୍ଲୀରେ ବନଦୁର୍ଗାଙ୍କୁ ପ୍ରସ୍ତର ବା କାଷ୍ଠସ୍ତମ୍ଭରେ ଉପଲବ୍ଧି କରାଯାଇ ସ୍ତମ୍ଭେଶ୍ୱରୀ ରୂପେ ଗ୍ରାମଦେବୀ ଉପାସନା ବହୁଳ ଭାବରେ ପ୍ରଚଳିତ ହୋଇଥିଲା । ପ୍ରତ୍ୟେକ ମାଙ୍ଗଳିକ କାର୍ଯ୍ୟର ଆରମ୍ଭରେ ଯେଉଁ ଦିଅଁ ମଙ୍ଗୁଳା କରାଯାଏ ତାହା ହିଁ ସର୍ବପ୍ରାଚୀନ ଦୁର୍ଗାପୂଜା ବା ଦେବୀପୂଜା ରୂପେ ଓଡ଼ିଶାର ସାଂସ୍କୃତିକ ପରମ୍ପରାରେ ଗୃହୀତ ହୋଇଛି । ଗ୍ରାମଦେବୀ ହିଁ ବନଦୁର୍ଗାଙ୍କ ସ୍ୱରୂପରେ ଉପାସିତା । ବୌଦ୍ଧ ସିଧାଚାର୍ଯ୍ୟମାନଙ୍କ ସାହିତ୍ୟରେ ଶବରସିଦ୍ଧାଚାର୍ଯ୍ୟ, ସରହପା ଓ ସରରୀପା ପ୍ରଭୃତି ନାମର ଉଲ୍ଲେଖ ରହିଛି । ସେ ସମୟରେ ବ୍ରାହ୍ମଣ୍ୟତନ୍ତ୍ର ମୁଖ୍ୟତଃ ମାତୃରୂପୀ ଗାୟତ୍ରୀ ଶକ୍ତିଙ୍କର ଆବାହନା କରି ବୈଦିକ ମାର୍ଗରେ ବ୍ରହ୍ମଶକ୍ତିଙ୍କର ଉପାସନା ପାଇଁ ଉଦ୍ଦିଷ୍ଟ ଥିଲା । ମାର୍କଣ୍ଡେୟ ପୁରାଣ ଅନ୍ତର୍ଗତ ସପ୍ତଶତୀ ଶ୍ରୀଚଣ୍ଡୀ ମହାତ୍ମ୍ୟର ପୃଷ୍ଠଭୂମିରେ ବ୍ରାହ୍ମଣତନ୍ତ୍ରର ସର୍ବପ୍ରାଚୀନ ମହୀଷାମର୍ଦ୍ଦିନୀ ଦୁର୍ଗା ରୂପେ ଯାଜପୁର ଠାରେ ବିରଜାଙ୍କର ଆର୍ବିଭାବ ହୋଇଥିଲା । ଓଡ଼ିଶାରେ ସର୍ବପ୍ରଥମ ଦ୍ୱିଭୂଜା ମହିଷାମର୍ଦ୍ଦିନୀ ଦୁର୍ଗାରୂପେ ବିରଜାଙ୍କୁ ଗ୍ରହଣ କରାଯାଏ ।

ଓଡ଼ିଶାରେ ବ୍ରାହ୍ମଣ୍ୟତନ୍ତ୍ରର ପ୍ରଭାବ ଫଳରେ ଗୁପ୍ତଯୁଗର ଦଶମହାବିଦ୍ୟା ତ ୍ୱର ଅନୁକରଣରେ ଦୁର୍ଗାଙ୍କର ଦଶବିଧ ମୌଳିକ ରୂପକୁ ନେଇ ଶାକ୍ତମାନେ କୌଳାଚାର ମତ ପ୍ରବ ିନ କରିଥିଲେ । ପ୍ରତ୍ୟେକ ମହାବିଦ୍ୟା କେତେକ ନିର୍ଦ୍ଦିଷ୍ଟ ପଦ୍ଧତି, ପୁବନ, ବର୍ଣ୍ଣ, ପଦ, ଶବ୍ଦ, ମନ୍ତ୍ର, ଯନ୍ତ୍ର, ପଟଳ, କବଚ, କୀଳକ, ସ୍ତୋତ୍ର ଓ ହୃଦୟ ମାଧ୍ୟମରେ ଦେବୀଙ୍କୁ ଉପାସନା କରିବା ପାଇଁ ପ୍ରବ ିତ ହୋଇଥିଲା । ଏହା କୁଳ କୁଣ୍ଡଳିନୀ ଶକ୍ତି ଜାଗରଣ ପାଇଁ ଏକ ବଳିଷ୍ଠ ମାଧ୍ୟମ ଥିଲା । ନାଦ, ବିନ୍ଦୁ ରୂପେ ଶିବ ଓ ଶକ୍ତିଙ୍କୁ ସାଧନାରେ ଉପଲବ୍ଧି କରି ସିଦ୍ଧି ଲାଭ କରାଯାଇଥାଏ । ସ୍ୱର ଓ ବ୍ୟଞ୍ଜନ ଅକ୍ଷରକୁ ମାତୃକା ରୂପେ ଗ୍ରହଣ କରି ବିଭିନ୍ନ ଚକ୍ରରେ ସେହି ଶକ୍ତିଙ୍କୁ ଜାଗ୍ରତ କରିବା ଦ୍ୱାରା କୁଣ୍ଡଳିନୀ ଶକ୍ତି ପ୍ରକାଶିତ ହୋଇଥାନ୍ତି । ଏହି କୌଳାଚାରପୂଜା ଦ୍ୱାରା ସମଗ୍ର ବିଶ୍ୱକୁ ଶ୍ରୀ ଚକ୍ର ମଧ୍ୟରେ ଅନୁଭବ କରାଯାଏ । ସପ୍ତମ ଶତାବ୍ଦୀ ବେଳକୁ ପ୍ରାଚୀନ ଓଡ଼ିଶାରେ ମାତୃଶକ୍ତି ପରମ୍ପରାର ବ୍ୟାପକତା ବୃଦ୍ଧି ପାଇଥିଲା । ପୌରାଣିକ ଦୁର୍ଗାଙ୍କୁ 'ଶ୍ରୀ ଶ୍ରୀ ଚଣ୍ଡୀ' ପୁରାଣରେ ଯେଉଁ ସବୁ ରୂପ, ମୂ ିକଳ୍ପନା ଓ ଆୟୁଧ ସହିତ ବର୍ଣ୍ଣନା କରାଯାଇଥିଲା, ଭୌମକର ରାଜବଂଶର କୀ ିଗୁଡ଼ିକରେ ତାହାକୁ ସର୍ବ ପ୍ରଥମେ ବିଭିନ୍ନ ମନ୍ଦିର ମଧ୍ୟରେ ଓ ମନ୍ଦିର ବାହାରେ ଜୀବନ୍ତ ଭାବରେ ରୂପାୟିତ କରାଯାଇଥିଲା । ବାସ୍ତବରେ ତୈତିରୀୟ ଉପନିଷଦରେ ବର୍ଣ୍ଣିତ 'ଦୁର୍ଗୀ' କିମ୍ବା 'ଶ୍ରୀ ଶ୍ରୀ ଚଣ୍ଡୀ'ରେ ବର୍ଣ୍ଣିତ ଚାମୁଣ୍ଡା, ସପ୍ତମାତୃକା, ନବଦୁର୍ଗା କିମ୍ବା ଶବରୀତନ୍ତ୍ରର 'ବନଦୁର୍ଗା'ଙ୍କୁ ଏହି ସପ୍ତମ/ଅଷ୍ଟମ ଶତାବ୍ଦୀରେ ଓଡ଼ିଶାରେ ବିଭିନ୍ନ ଶକ୍ତିପୀଠ, ସହର, ଗ୍ରାମ ପ୍ରଭୃତିରେ ବହୁଳ ଭାବରେ ପ୍ରତିଷ୍ଠା କରାଯାଇଥିଲା । ଅବଶ୍ୟ ସେତେବେଳକୁ ଯାଜପୁରର ବିରଜା ଓ ପୁରୀର ବିମଳା ମୁଖ୍ୟ ଶକ୍ତି ରୂପେ ଉପାସିତା ହୋଇସାରିଥିଲେ । କିନ୍ତୁ ଦୁର୍ଗାପୂଜାର କ୍ରମବିକାଶରେ ଏହି ଭୌମକର ରାଜବଂଶର ଶକ୍ତି ଉପାସକ ରାଜା ଓ କେତେକ ରାଣୀମାନଙ୍କର ଅବଦାନ ଅବିସ୍ମରଣୀୟ ।

ସହକାରୀ ପ୍ରଫେସର, ଶରୀରତ ୍ୱ ବିଭାଗ, ଶ୍ରୀରାମଚନ୍ଦ୍ରଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୮୨୪୯୭୯୯୯୦୬

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି । ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍‍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍‍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍‍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍‍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍‍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଭଡିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ । ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ । ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକ ୀ ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ



କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁର ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି । ଏସିଏଫ୍ ଅଜୟ କୁମାର ସାହୁଙ୍କ ତ ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁର ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ । ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍‌ବତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍‌୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ରଙ୍ଗଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିମ୍ପସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସମ୍ପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଝକ୍ତଙ୍କକ୍ଷ୍ମ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢ଼ଇବାକୁ ଆଶା ରଖିଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।




# ମରାଠା ବୀର ସମ୍ଭାଜୀ



ସମ୍ଭାଜୀ ବା ଧର୍ମବୀର ଛତ୍ରପତି ସମ୍ଭାଜୀ ରାଜେ ଭୋନସଲେ ଥିଲେ ଅଦ୍ୱିତୀୟ ମରାଠା ବୀର। ଭାରତ ଇତିହାସରେ ତାଙ୍କର ଶୌର୍ଯ୍ୟ ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ ହୋଇ ରହିଛି। ସମ୍ଭାଜୀ ମେ ୧୪ ତାରିଖ ୧୬୫୭ରେ ପୁଣେର ପୁନ୍ଦର ଦୁର୍ଗରେ ଜନ୍ମଗ୍ରହଣ କରିଥିଲେ। ସେଥିରେ ମରାଠା ବୀର ଛତ୍ରପତି ଶିବାଜୀ ଓ ସାଇ ବୀରଙ୍କ ପୁତ୍ର। ସେ ସମୟରେ ମୋଗଲଙ୍କ ପ୍ରଧାନ ଶତ୍ରୁ ଥିଲେ ମୋଗଲ ବାଦଶାହା ଆଉରଙ୍ଗଜେବ୍। ସାରା ଭାରତରେ ଆଧିପତ୍ୟ ବିସ୍ତାର କରିବା ସହ ହିନ୍ଦୁ ରାଜ୍ୟକୁ କବଳକୁ ଆଣିବା ଲାଗି ଆଉରଙ୍ଗଜେବ୍ ମରାଠା ରାଜ୍ୟ ଉପରେ ଆକ୍ରମଣ କରିଥିଲେ। ମାତ୍ର ତାଙ୍କ ଆକ୍ରମଣକୁ ସଫଳ ହେବାକୁ ଦେଇନଥିଲେ ସମ୍ଭାଜୀ। ଯୁଦ୍ଧଭୂମିରେ ଅସାଧାରଣ ବୀରତ୍ୱର ପ୍ରଦର୍ଶନ କରି ସମ୍ଭାଜୀ ମୋଗଲ ସେନାର ନିଦ ହଜାଇ ଦେଇଥିଲେ। ତାଙ୍କ ଆକ୍ରମଣରେ ଅତିଷ୍ଠ ହୋଇପଡ଼ିଥିଲେ ଆଉରଙ୍ଗଜେବ୍। ଶେଷରେ ବିଶ୍ୱାସଘାତକତା କରି ସମ୍ଭାଜୀଙ୍କୁ କାବୁ କରି ନେଇଥିଲା ମୋଗଲ ସେନା। ତାଙ୍କୁ ଧର୍ମ ପରିବର୍ତ୍ତନ କରିବାକୁ କୁହାଯାଇଥିଲା। ମାତ୍ର ସେ ମୃତ୍ୟୁକୁ ବରଣ କରିବେ ପଛେ ଧର୍ମଦ୍ରୋହୀ ହେବେ ନାହିଁ ବୋଲି କହି ଦେଇଥିଲେ। ସେଥିପାଇଁ ତାଙ୍କୁ ଧର୍ମବୀର କୁହାଯାଇଥାଏ। ଶେଷରେ ତାଙ୍କୁ ଅକଥନୀୟ ଯନ୍ତ୍ରଣା ଦିଆଯାଇ ମୋଗଲ କାରାଗାରରେ ହତ୍ୟା କରାଯାଇଥିଲା। ନିଜ ଜୀବନକାଳରେ ସମ୍ଭାଜୀ ୧୨୦ଟି ଯୁଦ୍ଧ ଲଢ଼ିଥିଲେ। ସବୁ ଯୁଦ୍ଧରେ ତାଙ୍କରି ହିଁ ବିଜୟ ହୋଇଥିଲା। ଏଭଳି ପରାକ୍ରମ ଦେଖାଇଥିବା ବୀର ଇତିହାସରେ ମିଳିବା ବିରଳ।

## ସିପିଆଇର ଟାଟା ପାୱାର ଅଫିସ୍ ଘେରାଉ

ଭୁବନେଶ୍ୱର (ପିଏନ୍): ସମଗ୍ର ରାଜ୍ୟରେ ଅଘୋଷିତ ବିଦ୍ୟୁତ୍ କାଟ ବନ୍ଦ କରିବା, କମ୍ପାନୀରାଜ ବନ୍ଦ କରି ରାଜ୍ୟ ସରକାର ବିଦ୍ୟୁତ୍‌କୁ ନିଜ ହାତକୁ ନେବା, ରାଜ୍ୟ ବିଦ୍ୟୁତ୍ ବୋର୍ଡକୁ ପୁନର୍ବାହାଲ କରିବା ଏବଂ ୨୦୦ ୟୁନିଟ୍ ପର୍ଯ୍ୟନ୍ତ ବ୍ୟବହାର କରୁଥିବା ପ୍ରତ୍ୟେକ ପରିବାରକୁ ମାଗଣା ବିଜୁଳି ଯୋଗାଇଦେବା ଦାବିରେ ସିପିଆଇ ପକ୍ଷରୁ ରାଜ୍ୟ ବ୍ୟାପୀ ବିଦ୍ୟୁତ୍ ଅଫିସ୍ ଘେରାଉ ପରିପ୍ରେକ୍ଷୀରେ, ରାଜଧାନୀ ଭୁବନେଶ୍ୱରଠାରେ 'ଟାଟା ପାୱାର'ର ସିଇଓଙ୍କ ଅଫିସ୍ ଘେରାଉ କରାଯାଇଥିଲା। ସିପିଆଇର ଶହ ଶହ କର୍ମୀ ହାତରେ ଦଳୀୟ ପତାକା, ଫେଷ୍ଟୁନ୍ ଓ ବିଭିନ୍ନ ସ୍ଲୋଗାନ ଲେଖାଥିବା ପ୍ଲାକାର୍ଡମାନ ଧରି ରାଜଭବନ ଛକ ନିକଟରେ ରୁଣ୍ଡ ହୋଇଥିଲେ। ସେଠାରୁ ଏକ ଶୋଭାଯାତ୍ରା ବାହାରି ପାୱାର ହାଉସ୍ ଛକରେ ଥିବା ଟାଟା ପାୱାର ସିଇଓ ଅଫିସ୍ ନିକଟରେ ପହଞ୍ଚି ଘେରାଉ ଓ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ସେଠାରେ ସିପିଆଇ ଜୋନ ସମ୍ପାଦକ ସୁର ଜେନା ଉଦ୍‌ବୋଧନ ଦେଇ ଟାଟା କମ୍ପାନୀ ଆସିବା ପରେ ବିଦ୍ୟୁତ୍ କ୍ଷେତ୍ରରେ ଘୋର ଅରାଜକ ପରିସ୍ଥିତି ସୃଷ୍ଟି ହୋଇଛି; ଗ୍ରୀଷ୍ମଋତୁରେ ଘଣ୍ଟା ଘଣ୍ଟା ଧରି ବିଦ୍ୟୁତ୍ କାଟ ଫଳରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଛି ଓ ମନଇଚ୍ଛା ବିଲ୍ ଆସୁଛି ବୋଲି ଅଭିଯୋଗ କରି ରାଜ୍ୟ ସରକାର ଟାଟା କମ୍ପାନୀକୁ ବିଦା କରି ବିଜୁଳିକୁ ନିଜ ହାତକୁ ନେବା ପାଇଁ ଦାବି କରିଥିଲେ। ବିକ୍ଷୋଭ ପରେ ରାଜ୍ୟ ଶକ୍ତିମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ଟାଟା ପାୱାର (ବଣ୍ଟନ) ସିଇଓଙ୍କୁ ଦିଆଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ସିପିଆଇ ରାଜ୍ୟ ପରିଷଦ ସଭ୍ୟ ବିଜୟ ଜେନା, ଜୋନ ସହସମ୍ପାଦକ କୈଳାସ ପୁହାଣ, ନାନିକା ମୁଣ୍ଡା, ପାର୍ବତୀ ଲାଗୁରି, ରମା ବେହେରା, ଶୈଳ ନାୟକ, ସବିତା ବେହେରା, ଛେଡମ୍ବର ଭୋଇ, ଲୋକନାଥ ଭୋଇ, ଆଦିବାସୀ ନେତା ଡାକ ହେମ୍ବ୍ରମ୍, ଅଶୋକ ବାରିକ, ପାପା ମାକ ଓ ମଙ୍ଗଳା ସେଠୀ ପ୍ରମୁଖ ଏହି ଆନ୍ଦୋଳନର ନେତୃତ୍ୱ ନେଇଥିଲେ।

# ବୟାଳିଶମୌଜା ବିକାଶ ପରିଷଦର ମେଧା ସମ୍ମାନ ଉତ୍ସବ

ବୟାଳିଶମୌଜା (ପିଏନ୍): ବୟାଳିଶମୌଜାର ଅଗ୍ରଣୀ ସାମାଜିକ ସଂଗଠନ ବୟାଳିଶମୌଜା ବିକାଶ ପରିଷଦର ଏକବିଂଶ ମେଧା ଓ ପ୍ରତିଭା ସମ୍ମାନ ଉତ୍ସବ ଝାରକଟା ଉଚ୍ଚ ବିଦ୍ୟାଳୟ ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି । ପରିଷଦର ସଭାପତି ଆଡଭୋକେଟ କେଶବ ଚନ୍ଦ୍ର କରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ଅବସରପ୍ରାପ୍ତ ବିଚାରପତି ଡି.ପି.ଚୌଧୁରୀ ଯୋଗ ଦେଇଥିଲେ । ମୁଖ୍ୟବକ୍ତା ଭାବେ ପଦ୍ମଶ୍ରୀ ଶ୍ୟାମାମଣୀ ଦେବୀ ଯୋଗଦେଇଥିବା ବେଳେ ସମ୍ମାନୀତ ଅତିଥି ଭାବେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ଅଧିକାରୀ ଅମ୍ବର କୁମାର କର ଏବଂ ବିଶିଷ୍ଟ ଚଳଚିତ୍ର ଗବେଷକ ସୂର୍ଯ୍ୟ ଦେଓ ଯୋଗଦେଇ କୃତୀ ଛାତ୍ରଛାତ୍ରୀମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ । ପରିଷଦର ସମ୍ପାଦକ ସନ୍ତୋଷ କୁମାର ପତି ସମ୍ପାଦକୀୟ ବିବରଣୀ ପଠନ କରିଥିଲେ । ପରିଷଦର ପୂଜ୍ୟପୂଜା ପରମ୍ପରା ଅନୁଯାୟୀ ବୟାଳିଶମୌଜାର ବିଭିନ୍ନ କ୍ଷେତ୍ରରେ ନିଜର କୃତିତ୍ୱ ପ୍ରତିପାଦନ କରିଥିବା ବ୍ୟକ୍ତିବିଶେଷଙ୍କୁ ପ୍ରତିଭା ସମ୍ମାନରେ ସମ୍ମାନିତ କରାଯାଇଥିଲା । ବୟାଳିଶମୌଜା ପାଇଁ ଅତୁଳନୀୟ ଅବଦାନ ପ୍ରଦାନ କରିଥିବା ସ୍ୱର୍ଗତଃ ମଧୁସୂଧନ ପତିଙ୍କୁ ମରଣୋତ୍ତର "ବୟାଳିଶମୌଜା ଗୌରବ" ସମ୍ମାନରେ ସମ୍ମାନିତ କରାଯାଇଥିଲା । ସେହିପରି ସଫଳ ଚାଷୀ ଭାବେ ତ୍ରିଲୋଚନ ଜେନା, ବୃକ୍ଷବନ୍ଧୁ ଭାବେ ଅର୍ଣ୍ଣବ କୁମାର ପତି, ସଫଳ କ୍ରୀଡାବିତ ଭାବେ ଦୀନବନ୍ଧୁ ଦାସ, ଆଦର୍ଶ ଶିକ୍ଷକ ଭାବେ ପିତାମ୍ବର ମହାନ୍ତି, କଳା ସଂସ୍କୃତି ସମ୍ମାନରେ ପ୍ରଦ୍ୟୁମ୍ନ କିଶୋର ଦେବଙ୍କୁ ସମ୍ମାନୀତ କରାଯାଇଥିଲା । ଚଳିତ ବର୍ଷ ପରିଷଦର ଶ୍ରେଷ୍ଠ ସଭ୍ୟ ଭାବେ ଧୀରେନ୍ଦ୍ର ବେହେରାଙ୍କୁ ସମ୍ମାନିତ କରାଯାଇଥିଲା । ବିକାଶ ପରିଷଦର ମୁଖପତ୍ର ଉପଦେଷ୍ଟା ପ୍ରମୋଦ ମହାପାତ୍ରଙ୍କ ସମ୍ପାଦକତ୍ୱରେ "ପଲ୍ଲିଶ୍ରୀ" ପ୍ରକାଶିତ ହୋଇ ଅତିଥିମାନଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା । ଚଳିତ ମାଟ୍ରିକ ପରୀକ୍ଷାରେ ଇଂରାଜୀରେ ସର୍ବାଧିକ ନମ୍ବର ରଖିଥିବା ୩ ଛାତ୍ରଛାତ୍ରୀଙ୍କୁ ଶିକ୍ଷାବିତ୍ ଲୋକନାଥ ବାରିକ ସମ୍ମାନରେ ସମ୍ମାନୀତ କରାଯାଇଥିବା ବେଳେ ସାହିତ୍ୟରେ ସର୍ବାଧିକ ନମ୍ବର ରଖିଥିବା ଛାତ୍ରଙ୍କୁ ମହନୀ ଦେବୀ ସମ୍ମାନରେ ସମ୍ମାନୀତ କରାଯାଇଥିଲା ଏବଂ ସଂସ୍କୃତରେ ୯ଜଣ ଛାତ୍ରଛାତ୍ରୀଙ୍କୁ କୈଳାସନାଥ ଦୀକ୍ଷିତ ସ୍ମୃତି କମିଟି ତରଫରୁ ସମ୍ମାନୀତ କରାଯାଇଥିଲା। ବୟାଳିଶମୌଜା ବ୍ୟତିରେକ କଟକସଦର ଅଂଚଳର ୧୬ଟି ବିଦ୍ୟାଳୟର ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ରଛାତ୍ରୀଙ୍କୁ ସମ୍ମାନୀତ କରାଯାଇଥିଲା । ବୟାଳିଶମୌଜାର ୮୦ ପ୍ରତିଶତ ମାର୍କ ରଖିଥିବା ୯୮ଜଣ କୃତୀ ଛାତ୍ରଛାତ୍ରୀଙ୍କୁ ସମ୍ମାନୀତ କରାଯିବା ସହିତ +୨ ବିଜ୍ଞାନ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖିଥିବା କରୀନା ମିଶ୍ରଙ୍କୁ ମେଧା ସମ୍ମାନ ପ୍ରଦାନ କରାଯାଇଥିଲା । ଏଥିସହିତ ତୃତୀୟ ଏବଂ ପଂଚମ ଶ୍ରେଣୀ ବୃତି ପରୀକ୍ଷାରେ ସଫଳ ହୋଇଥିବା ଛାତ୍ରଛାତ୍ରୀଙ୍କୁ ମେଧା ସମ୍ମାନ ଦିଆଯାଇଥିଲା । ପରିଷଦର ଉପସଭାପତି ଗୌତମ ଚରଣ ପରିଡା, ଉପଦେଷ୍ଟା ଇଂ. ଅଶୋକ ବିଶ୍ୱାଳ, ଅଧ୍ୟାପକ ସେକ କଲ୍ଲିମୁଲ୍ଲା, ଗଣେଶ୍ୱର ଦାଶ, ସୁରେଶ ଚନ୍ଦ୍ର ଦେବତା, ନିକୁଞ୍ଜ ସ୍ୱାଇଁ, ଭଜକୃଷ୍ଣ ଲେଙ୍କା, ପ୍ରମୋଦ ମହାପାତ୍ର, ସାଗର କାନୁନଗୋ, ଅଶୋକ କୁମାର ମହାନ୍ତି, ସୁଜନ ରାଉତ, ଅକ୍ଷୟ ମୁଦୁଲି, ପ୍ରସନ୍ନ ଦଳାଇ, ବିଶ୍ୱଜିତ ପାଣି, ଦିପ୍ତିରଂଜନ ଶତପଥି, ସୁଜିତ କୁମାର ପତି, ସ୍ମୃତିଧର ପତି, ସଞ୍ଜୟ ବେହେରା, ରବିନ୍ଦ୍ର ଦେବତା, ତ୍ରିଲୋଚନ ଦଳାଇ, ବସନ୍ତ ଦେବତା ପ୍ରମୁଖ ଉପସ୍ଥିତ ଥିଲେ ।

# ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ ପାଳିତ





କୋଣାର୍କ (ପିଏନ୍): ଚଳିତ ବୈଶାଖ ମାସ ଶୁକ୍ଳ ପକ୍ଷ ୧୨ ତାରିଖ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଯାଇଛି । ଅର୍କକ୍ଷେତ୍ରର ରକ୍ଷାକର୍ତ୍ତୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ । ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ । ଏହା ଓଡ଼ିଆଣୀ କୂଳବଧୂମାନଙ୍କର ଏକ ନିଆରା ପର୍ବ । କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବର ସହକାରେ ପାଳନ କରିଥାନ୍ତି।। ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୁଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି ।

ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରି ଥିଲେ । ମା' ରାମଚଣ୍ଡୀଙ୍କ ନିମନ୍ତେ କୂଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା ପରେ ମା'ଙ୍କ ପୂଜକ ଗାଧୁଆ ନିତୀ ସମ୍ପନ୍ନ କରିଥିଲେ । ପ୍ରତ୍ୟକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥିଲେ ହାଣ୍ଡିରନ୍ଧା ସାମଗ୍ରୀ । ମା'ଙ୍କ ମନ୍ଦିର ବେଢ଼ାରେ ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୁହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥିଲା । ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷ ଘରଚୂଲାରୁ ଅଗ୍ନୀ ଆଣୀ ପ୍ରତ୍ୟକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବାସହ ଖୀରିକୋଳି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥିଲେ । ମାହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବା ମିଶା ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥିଲେ । ଏହି ସମୟରେ ମା'ଙ୍କ ରୋଷଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଏତାଦୃଶ୍ୟ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗଲଗାଇ ଥିଲେ । ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥିଲେ । ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣିଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରିବା ପରେ ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୂଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରୀ ନିରବତା ଅବଲମ୍ବନ କରି ତାଙ୍କୁ ଅନୂସରଣ କରିଥିଲେ । ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି ଏହି ବନ୍ତକୁ ସାତଥର ପ୍ରଦିକ୍ଷଣ କରିବା ପରେ ବନ୍ତ ଚୂଡ଼ାରେ ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥିଲେ । ଏହାପରେ ମହିଳାମାନେ ଏକ ମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥିଲେ । ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥିଲା ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଶରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବେ ।







ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ୧୦ ତାରିଖରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥିବା ବେଳେ ପ୍ରତ୍ୟେହ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଗୁରୁବାର ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥିଲା । ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥିଲା । ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥିଲା । ମା' ରାମଚଣ୍ଡୀ ବଜାର କମିଟିର ସଭାପତି ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦ୍ରନ ବେହେରା, ଅନିଲ ନାୟକ, ସଦଶିବ ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା ହଣ୍ଡିଭଙ୍ଗା ଯାତ । କେବଳ ପରମ୍ପରା ରକ୍ଷା କରାଯାଇଥିଲା ।



# ମାଲବାହୀ ଯାନ ପାର୍କିଂ ଉପରେ କଟକଣା

ବାଲେଶ୍ୱର (ପିଏନ୍)– ବାଲେଶ୍ୱର ଜିଲ୍ଲାପାଳ ଓ ଜିଲ୍ଲା ମାଜିଷ୍ଟ୍ରେଟ୍ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀଙ୍କ ନିର୍ଦ୍ଦେଶ ଅନୁଯାୟୀ ୧୬ ନମ୍ବର ଜାତୀୟ ରାଜପଥର ବିର୍ଲା ଟାୟାର ଫାଟକ ଠାରୁ ନହରପାଟଣା ପର୍ଯ୍ୟନ୍ତ ରାସ୍ତାର ଉଭୟ ପାର୍ଶ୍ୱ ଏବଂ ଏଥି ସଂଲଗ୍ନ ସର୍ଭିସ୍ ରାସ୍ତାରେ ସମସ୍ତ ପ୍ରକାର ମାଲବାହୀ ଯାନର ପାର୍କିଂ ଉପରେ କଟକଣା ଜାରି କରାଯାଇଛି । ଏହି ରାସ୍ତାର ବାମପଦା, ରେମୁଣା, ଶାଳବଣୀ,ନୂଆଗାଁ ଏବଂ ନହରପାଟଣା ଅଂଚଳକୁ ବ୍ଲାକସ୍ପଟ୍ ଭାବେ ଘୋଷଣା କରାଯାଇଥିବା ବେଳେ ସମ୍ପୃକ୍ତ ଅଂଚଳରେ ଯାନବାହାନର ଅବାଧ ଚଳାଚଳ ଏବଂ ଦୁର୍ଘଟଣାକୁ ଏଡାଇବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ଏଭଳି ପଦକ୍ଷେପ ନିଆଯାଇଛି । ମାଲବାହୀ ଟ୍ରକ୍ ସମେତ ଅନ୍ୟାନ୍ୟ ମାଲବାହୀ ଯାନଗୁଡ଼ିକ ଗମ୍ଭାରିଆଠାରେ ପ୍ରସ୍ତାବିତ ଟ୍ରକ୍ ଟର୍ମିନାଲରେ ହିଁ ସେମାନଙ୍କ ଗାଡିଗୁଡ଼ିକୁ ପାର୍କିଂ କରିବାକୁ କୁହାଯାଇଛି । ଜିଲ୍ଲା ପ୍ରଶାସନ ପକ୍ଷରୁ ଜାରି କରାଯାଇଥିବା ଏହି କଟକଣାର ଅନୁପାଳନପୂର୍ବକ ମାଲବାହୀ ଗାଡିଗୁଡ଼ିକ ଉପରୋକ୍ତ ରାସ୍ତାରେ ବେଆଇନ ପାର୍କିଂ ନ କରିବାକୁ ନିର୍ଦ୍ଦେଶ ଦିଆଯିବା ସହିତ ଏ ସଂକ୍ରାନ୍ତରେ ସଚେତନତା ସୃଷ୍ଟି ପାଇଁ ସ୍ଥାନୀୟ ଅଂଚଳରେ ଡାକବାଜି ଯନ୍ତ୍ର ଯୋଗେ ପ୍ରଚାର ମଧ୍ୟ କରାଯାଉଛି । ଜାରି କରାଯାଇଥିବା କଟକଣାର ଉଲ୍ଲଙ୍ଘନ କଲେ ଆଇନ ଅନୁଯାୟୀ ଦୋଷୀଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦିଆଯାଇଛି ।

## ତୁଳସୀକ୍ଷେତ୍ର ପଣ୍ଡିତ ସଭାର କର୍ମକର୍ତ୍ତା ନିର୍ବାଚନ

କେନ୍ଦ୍ରାପଡା (ପିଏନ୍): କେନ୍ଦ୍ରାପଡା ତୁଳସୀକ୍ଷେତ୍ର ପଣ୍ଡିତ ସଭାର ଏକ ବୈଠକ ପବିତ୍ର ତୁଳସୀକ୍ଷେତ୍ରର ଶ୍ରୀ ସିଦ୍ଧ ବଳଦେବଜୀଉ ମନ୍ଦିର ପରିସରରେ ପଣ୍ଡିତ ଧ୍ରୁବଚରଣ ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି । ସମାଜର କଲ୍ୟାଣ ନିମନ୍ତେ ତୁଳସୀକ୍ଷେତ୍ରର ଜ୍ଞାନୀ, ଗୁଣୀ, ତଥା ପଣ୍ଡିତ ବୁଦ୍ଧିଜୀବୀମାନେ



ଏକତ୍ର ହୋଇ ତୁଳସୀକ୍ଷେତ୍ର ପଣ୍ଡିତ ସଭାର ନୂତନ କର୍ମକର୍ତ୍ତା ଚୟନ କରିଛନ୍ତି । ଏହି ସଭାର ମୁଖ୍ୟ ଉପଦେଷ୍ଟା ଭାବରେ ପଣ୍ଡିତ କେଶବ ଚନ୍ଦ୍ର ପତ୍ରୀ, ସଭାପତି ଭାବେ ପଣ୍ଡିତ ଧୃବ ଚରଣ ପଣ୍ଡା, ଉପସଭାପତି ଭାବେ କୃଷ୍ଣା ନନ୍ଦ ପଣ୍ଡା ଓ ନାରାୟଣ ପତି, ସମ୍ପାଦକଭାବେ ସତ୍ୟନାରାୟଣ ପତି, ସହସମ୍ପାଦକ ଭାବେ ସୁବାଷ ଚନ୍ଦ୍ର ପାଣି, ଯୁଗ୍ମ ସମ୍ପାଦକ ଭାବେ ମାଧବ ଚନ୍ଦ୍ର ପତ୍ରୀ ଓ କୋଷାଧ୍ୟକ୍ଷ ଭାବେ ମହେଶ୍ୱର ପାଣିଙ୍କୁ ସର୍ବ ସମ୍ମତି କ୍ରମେ ମନୋନୀତ କରାଯାଇଥିଲା । କାର୍ଯ୍ୟକାରୀ କମିଟି ସଭ୍ୟ ଭାବରେ ପଣ୍ଡିତ ମୂରଲୀଧର ଷଡଙ୍ଗୀ, ନରେନ୍ଦ୍ର ତ୍ରିପାଠୀ, ହରେକୃଷ୍ଣ ପତି, ଅକ୍ଷୟ କୁମାର ପତ୍ରୀ, ଉମାଶଙ୍କର ପତି, ରବିନ୍ଦ୍ର କୁମାର ନାୟକ ଓ ହରପ୍ରିୟା ଦାଶଙ୍କୁ ମନୋନୀତ କରାଯାଇଥିଲା । ସାଧାରଣ ସଭ୍ୟ ଭାବରେ ପଣ୍ଡିତ କୈଳାସ ଚନ୍ଦ୍ର ଦାଶ, ପୂର୍ଣ୍ଣଚନ୍ଦ୍ର ପତି, ରମାକାନ୍ତ ପତି, ନୃସିଂହ ଚରଣ ତ୍ରିପାଠୀ, ଅବଧୂତ ରାଉତ, ନୃସିଂହ ଚରଣ ପତି, ବାସୁଦେବ ପତି, ପିତାମ୍ବର ଲେଙ୍କା ପ୍ରମୁଖଙ୍କୁ ମନୋନୀତ କରାଯାଇଛି । ଆଗାମୀ ମାସରେ ପୁନଃବୈଠକ ବସି ଆଗାମୀ କାର୍ଯ୍ୟଧାରା ନିର୍ଦ୍ଧାରଣ କରାଯିବ ବୋଲି ସଭାପତି ଶ୍ରୀ ପଣ୍ଡା ସୂଚନା ଦେଇଛନ୍ତି । ଏହି ବୈଠକରେ ଅଧିକରୁ ଅଧିକ ପଣ୍ଡିତ, ବୁଦ୍ଧିଜୀବୀ ଯୋଗଦେବା ପାଇଁ ପଣ୍ଡିତ ସଭା ପକ୍ଷରୁ ନିବେଦନ କରାଯାଇଛି ।

# ମହିଳାଙ୍କୁ ସ୍ୱାବଲମ୍ବୀ କରୁଛି ମାଛ ଚାଷ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାରେ କୌଣସି ଶିଳ୍ପ କାରଖାନା ନ ଥିବା ବେଳେ ମହିଳାମାନଙ୍କୁ ମାଛଚାଷ ସ୍ୱାବଲମ୍ବୀ କରୁଛି। ଦିନକୁ ଦିନ ଅଧିକରୁ ଅଧିକ ମହିଳା ଗ୍ରାମ୍ୟ ପୁଷ୍କରିଣୀରେ ମାଛଚାଷ କରିବା ପାଇଁ ଆଗ୍ରହ ପ୍ରକାଶ କରୁଛନ୍ତି। ଗ୍ରାମାଞ୍ଚଳରେ ଥିବା ପୋଖରୀରେ ମହିଳାମାନେ ଗୋଷ୍ଠୀ ଗଠନ କରି ମାଛଚାଷ କରୁଛନ୍ତି। ମାଛ ଚାଷ କରିବା ପାଇଁ ପ୍ରଥମେ ଜିଲ୍ଲା ମତ୍ସ୍ୟ ବିଭାଗ ପକ୍ଷରୁ ସେମାନଙ୍କୁ ତାଲିମ ପ୍ରଦାନ କରାଯାଉଛି। ଏହାପରେ ସେମାନଙ୍କୁ ମାଛ ଚାଷ କରିବା ପାଇଁ ବ୍ୟାଙ୍କ ଯୋଗେ ଋଣ ଯୋଗାଇ ଦିଆଯାଉଛି। ଏହି ଋଣରେ ୬୦ ପ୍ରତିଶତ ରିହାତି ମଧ୍ୟ ପ୍ରଦାନ କରାଯାଉଛି। ଯାହା ଫଳରେ ମହିଳାମାନେ ଆକୃଷ୍ଟ ହୋଇ ମାଛଚାଷ ପ୍ରତି ମନ ବଳାଉଛନ୍ତି ବୋଲି କହିଛନ୍ତି ଜିଲ୍ଲା ମତ୍ସ୍ୟ ଅଧିକାରୀ ମମତା ମହାପାତ୍ର। ମତ୍ସ୍ୟ ବିଭାଗରୁ ମିଳିଥିବା ତଥ୍ୟ ଅନୁଯାୟୀ ଜିଲ୍ଲାର ୯ଟି ବ୍ଲକରେ ବର୍ତ୍ତମାନ ୪୭୭ଟି ମହିଳା ସ୍ୱୟଂସହାୟକ ଗୋଷ୍ଠୀ ଗଠନ କରାଯାଇଛି। ଏହି ଗୋଷ୍ଠୀଗୁଡିକରେ ୪୮୭୦ ମହିଳା ସାମିଲ ହୋଇଛନ୍ତି। ସେମାନେ ୪୭୭ଟି ପୋଖରୀରେ ମାଛ ଚାଷ କରୁଛନ୍ତି। ମହିଳା ଗୋଷ୍ଠୀଗୁଡିକ ବାର୍ଷିକ ହେକ୍ଟର ପିଛା ୨.୬ ଟନ ମାଛ ଉତ୍ପାଦନ କରୁଛନ୍ତି। ଏହାକୁ କିଲୋ ପିଛା ୧୦୦ ଟଙ୍କା ମୂଲ୍ୟରେ ବିକ୍ରି କରୁଛନ୍ତି। ବେପାରୀମାନେ ସ୍ୱୟଂସହାୟକ ଗୋଷ୍ଠୀ ନିକଟରୁ ମାଛ ନେଇ ବଜାରରେ ବିକ୍ରି କରୁଛନ୍ତି। ଏହାଦ୍ୱାରା ମହିଳାମାନେ ପରିବାରର ଆର୍ଥିକ ବୋଝ କମାଇବାରେ ସହାୟକ ହୋଇପାରିଛନ୍ତି। ଏହି ମାଛଚାଷ ଦ୍ୱାରା ପରୋକ୍ଷରେ ମଧ୍ୟ ବହୁତ ଲୋକ ରୋଜଗାରକ୍ଷମ ହୋଇପାରୁଛନ୍ତି। କାରଣ ଯେଉଁ ହୋଲସେଲ ବେପାରୀମାନେ ମାଛ କିଣୁଛନ୍ତି ସେମାନେ ରୋଜଗାରକ୍ଷମ ହେଉଛନ୍ତି। ଏଥିସହ ଯେଉଁ ଖୁଚୁରା ବେପାରୀମାନେ ଏହାକୁ ବିକ୍ରି କରୁଛନ୍ତି ସେମାନେ ମଧ୍ୟ ରୋଜଗାରକ୍ଷମ ହୋଇପାରୁଛନ୍ତି। ଜିଲ୍ଲାରେ ବେକାରୀ ସମସ୍ୟା ଦୂର କରିବା ଓ ଜିଲ୍ଲାର ଅର୍ଥନୀତିକୁ ସୁଦୃଢ କରିବାରେ ମାଛଚାଷ ସହାୟକ ହେଉଛି ବୋଲି ଜିଲ୍ଲା ମତ୍ସ୍ୟ ଅଧିକାରୀ କହିଛନ୍ତି।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଅହମଦୀୟା ମୁସଲିମ ସଂପ୍ରଦାୟ ଭୁବନେଶ୍ୱର ତରଫରୁ ସ୍ୱଛ ଦିବସ ପାଳିତ



ଭୁବନେଶ୍ୱର,(ପି.ଏନ): ଅକ୍ଟୋବର ୨ ତାରିଖରେ ସମଗ୍ର ଭାରତରେ ସ୍ୱଚ୍ଛ ଦିବସ ପାଳିତ ହୋଇ ଥାଏ। ଏହି ଅବସରରେ ଅହମଦୀୟା ମୁସଲିମ ସଂପ୍ରଦାୟ ଭୁବନେଶ୍ୱର ତରଫରୁ କ୍ୟାପିଟାଲ ହସ୍ପିଟାଲ ୟୁନିଟ ୬ ପରିସରରେ ଦିବ୍ୟ ବାର୍ତ୍ତାବହ ହଜରତ ମହମ୍ମଦ (ଅଲ୍ଲାହ ତାଙ୍କ ଉପରେ ଶାନ୍ତି ବର୍ଷଣ କରନ୍ତୁ)ଙ୍କ ଶିକ୍ଷା 'ସ୍ୱଛତା ଧର୍ମବିଶ୍ୱାସର ଏକ ଅବିଚ୍ଛେଦ ଅଙ୍ଗ' ସ୍ଲୋଗାନ ସହିତ ଏକ ସ୍ୱଛତା କାର୍ଯ୍ୟକ୍ରମ ର ଆୟଜନ କରାଯାଇ ଥିଲା । ଏହି କାର୍ଯ୍ୟକ୍ରମ ଅନ୍ତର୍ଗତ ହସ୍ପିଟାଲ ର ବିଭିନ୍ନ ପାର୍ଶ୍ୱରେ ସଫେଇ କାର୍ଯ୍ୟକ୍ରମ ସହିତ ପ୍ରସୂତି ବିଭାଗରେ ଥିବା ୨୦୦ରୁ ଉର୍ଦ୍ଧ ମହିଳା ରୋଗୀ ମାନଙ୍କ ମଧ୍ୟରେ ଶୁଖିଲା ଖାଦ୍ୟ ଅହମଦୀୟା ମୁସଲିମ ସଂପ୍ରଦାୟ ଭୁବନେଶ୍ୱରର ମହିଳା ସଂଗଠନ ଦ୍ୱାରା ବିତରଣ କରାଯାଇ ଥିଲା। ଏହି କାର୍ଯ୍ୟକୁ ମହମ୍ମଦ ନୁରଉଦ୍ଦିନ ଅମିନ ସଭାପତି ଅହମଦୀୟା ମୁସଲିମ ସଂପ୍ରଦାୟ ଭୁବନେଶ୍ୱର ନେତୃତ୍ୱ କରିଥିଲେ। କାର୍ଯ୍ୟକ୍ରମକୁ ମୁଖ୍ୟ ପ୍ରଚାରକ ହଲିମ ଖାନ, ଅହମଦ ସଲାମ,ତାହିର୍ ଅହମଦ ଖାନ, ମୁବାରକ ଅହମଦ ଆଦି ସଫଳ କରିବାପାଇଁ ଚେଷ୍ଟା କରିଥିଲେ। ଏବଂ ଏହି କାର୍ଯ୍ୟକ୍ରମ କୁ ସଫଳ କରାଇବା ପାଇଁ ଡାଇରେକ୍ଟର ଡ.ଦିଲ୍ଲୀପ କୁମାର ପଣ୍ଡା, ମେନେଜର ସୃଷ୍ଟି ସର୍ମିଷ୍ଠା, ଆସିଷ୍ଟାଣ୍ଟ ମେନେଜର ଅଲିଭା ଆଚାର୍ଯ୍ୟ ଅନୁମତି ସହଯୋଗ ପ୍ରଦାନ କରିଥିବାରୁ ସଂପ୍ରଦାୟ ତରଫରୁ ଧନ୍ୟବାଦ୍ ଅର୍ପଣ କରାଯାଇଛି।

## ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା। ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ। ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ। ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ। ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧାପକ ଓ ଅଧାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧାପକ, ଅଧାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧାପକ ଓ ଅଧାପିକାମାନଙ୍କ ଅଭିଯୋଗ ଆଧାରରେ ଅଧକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି। ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧକ୍ଷ। ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧାପକ, ଅଧାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି। ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେ। ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ। ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜି ଅଧାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ। ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧାପକ, ଅଧାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ। କେବଳ ଏତିକି ନୁହେଁ ଅଧକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି। ପୁଣି କେତେକ ଅଧାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି। ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ। ଅଧକ୍ଷ ଓ ଅଧାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ। ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ।


2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Thursday October 03 ଭୁବନେଶ୍ୱର ଗୁରୁବାର, ଅକ୍ଟୋବର ୦୩,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ସକାଳୁ ମୁଠାଏ ବାଦାମ (ସ୍ୱାସ୍ଥ୍ୟ ଟିପ୍ସ )



ଭୁବନେଶ୍ୱର,(ପି.ଏନ): ବିଶ୍ୱ ହୃଦୟ ଦିବସରେ ମୁଠାଏ ଆଲମଣ୍ଡ ସହିତ ଆପଣଙ୍କ ହୃଦୟକୁ ରଖନ୍ତୁ ସୁସ୍ଥ,ବିଗତ କିଛି ବର୍ଷ ହେଲା ଭାରତରେ ସିଭିଡି ମାମଲାରେ ବୃଦ୍ଧି ଘଟିଛି । ୪୫ ବର୍ଷ ଏବଂ ତଦୁର୍ଦ୍ଧ ବୟସର ୬୫,୫୬୨ ଭାରତୀୟ ପ୍ରାପ୍ତବୟସ୍କଙ୍କୁ ନେଇ ହୋଇଥିବା ଏକ ଅଧ୍ୟୟନରେ ୨୯.୪% ଜଣଙ୍କୁ ଏହି ରୋଗ ହୋଇଥିବା ଜଣାପଡିଛି, ଯାହା ଜରୁରୀ ଜନସ୍ୱାସ୍ଥ୍ୟ ସମସ୍ୟା ଏବଂ ଲକ୍ଷ୍ୟ ରଖାଯାଇଥିବା ସଚେତନତା ଏବଂ ପ୍ରତିରୋଧ କାର୍ଯ୍ୟକ୍ରମର ଆବଶ୍ୟକତାକୁ ଦର୍ଶାଉଛି । ଆମର ନୈନ୍ଦିନ ଆହାରରେ ଆଲମଣ୍ଡ ପରି ହୃଦୟ-ସୁସ୍ଥ ଖାଦ୍ୟକୁ ଅନ୍ତର୍ଭୁକ୍ତ କରିବା ହୃଦୟ ସ୍ୱାସ୍ଥ୍ୟକୁ ସମର୍ଥନ କରିବାର ଅନ୍ୟତମ ପ୍ରଭାବଶାଳୀ ଉପାୟ । ହୃଦରୋଗ ବିରୁଦ୍ଧ ଲଢେଇରେ ଆଲମଣ୍ଡ ଏକ ଶକ୍ତିଶାଳୀ ସହଯୋଗୀ । ହୃଦୟ ପାଇଁ ଲାଭଦାୟକ ବୋଲି ଜଣାଶୁଣା ଆଲମଣ୍ଡରେ ପ୍ରୋଟିନ, ସୁସ୍ଥ ଚ୍ରବି, ଜିଙ୍କ, ଆହାରୀୟ ଫାଇବର, ମେଗ୍ନେସିୟମ, ଏବଂ ପୋଟାସିୟମ ସହିତ ୧୫ଟି ଅତ୍ୟାବଶ୍ୟକ ପୋଷକ ତତ୍ୱ ରହିଛି । ନିୟମିତ ମୁଠାଏ ଆଲମଣ୍ଡ ଖାଇବା ଦ୍ୱାରା ମୋଟ ଏବଂ ଏଲଡିଏଲ କୋଲେଷ୍ଟ୍ରଲ ସ୍ତର କମ ହେବା ସହିତ ହୃଦୟ-କ୍ଷତିକାରକ ପ୍ରଦାହକୁ ହ୍ରାସ କରିବାରେ ସାହାଯ୍ୟ ମିଳିଥାଏ । ତେଣୁ ହୃଦୟକୁ ସୁସ୍ଥ ରଖିବା ଏବଂ କୋଲେଷ୍ଟ୍ରଲ ସ୍ତରକୁ ନିୟନ୍ତ୍ରଣ କରିବା ପାଇଁ ନୈନ୍ଦିନ ସୁ-ସନ୍ତୁଳିତ ଆହାରରେ ମୁଠାଏ ଆଲମଣ୍ଡ ମିଶାଇବା ଏକ ଲାଭଦାୟକ ଅଭ୍ୟାସ । ସର୍ବ ?ତମ ଅଂଶ ହେଉଛି ଆଲମଣ୍ଡ ଯେକୌଣସି ରୂପରେ ଅତ୍ୟଧିକ ବହୁମୁଖୀ ଏବଂ ପୌଷ୍ଟିକ ଅଟେ ଯାହା ଏହାକୁ ଦିନର ଯେକୌଣସି ସମୟରେ ଏକ ସୁବିଧାଜନକ ସ୍ନାକ୍ସ ବିକଳ୍ପ କରିଥାଏ ।ଏକ ସାମଗ୍ରିକ ସୁସ୍ଥ ଆହାରର ଅଂଶ ଭାବରେ ନୈକ ୪୨ ଗ୍ରାମ ଆଲମଣ୍ଡର ସ୍ନାକ୍ସର ସେବନ ଦ୍ୱାରା ଅନେକ ହୃଦରୋଗ ସଙ୍କଟ କାରକରେ ଉନ୍ନତି ଆସିଥାଏ ବୋଲି ଆମେରିକାନ ହାର୍ଟ ଏସୋସିଏସନର ଜର୍ଣ୍ଣାଲରେ ପ୍ରକାଶିତ ଏକ ଅଧ୍ୟୟନରୁ ଜଣାପଡିଛି । ପେଟ ଚ୍ରବି ଏବଂ ଅଂଟାର ଆକାର ଆଲମଣ୍ଡ ସ୍ନାକ୍ସ ଦ୍ୱାରା ହ୍ରାସ ପାଇଥାଏ । ବିଶ୍ୱ ହୃଦୟ ଦିବସ ଉପରେ ଟିପ୍ପଣୀ ଦେଇ ବଲିଉଡ ଅଭିନେତ୍ରୀ ସୋହା ଅଲି ଖାନ କହିଛନ୍ତି, "ସୁସ୍ଥ, ସନ୍ତୁଳିତ ଆହାର ବଜାୟ ରଖିବା ଏବଂ ସକ୍ରିୟ ରହିବା ହୃଦୟ ସ୍ୱାସ୍ଥ୍ୟ ପାଇଁ ଅତ୍ୟାବଶ୍ୟକ ଅଟେ – ଉଭୟ ମୋର ଏବଂ ମୋ ପରିବାର ପାଇଁ ଯାହା ପ୍ରାଥମିକ ଅଟେ । ଜଙ୍କ ଖାଦ୍ୟ ସୀମିତ ରଖିବା ଏବଂ ଆଲମଣ୍ଡ ଭଳି ସ୍ୱାସ୍ଥ୍ୟକର ବିକଳ୍ପ ବାଛିବା ନିଶ୍ଚିତ କରି ଆମର ଖାଦ୍ୟ ବିକଳ୍ପ ବିଷୟରେ ମୁଁ ସବୁବେଳେ ସଚେତନ ରହିଥାଏ । ମୋର ନୈନ୍ଦିନ ଦିନଚ୍ର୍ୟାରେ ମୁଁ ଆଲମଣ୍ଡ ଉପରେ ନିର୍ଭର କରେ; ମୋତେ ଅଧିକ ସମୟ ଧରି ତାହା ତୃପ୍ତ ରଖେ ଏବଂ ଅସ୍ୱାସ୍ଥ୍ୟକର ସ୍ନାକ୍ସରୁ ଦୂରେଇ ରହିବାକୁ ସାହାଯ୍ୟ କରେ ।"

## ଜିଲ୍ଲା ସ୍ତରୀୟ ୧୫୫ ତମ ମହାତ୍ମା ଗାନ୍ଧୀ ଜୟନ୍ତୀ ଓ ୧୨୧ ତମ ଲାଲବାହାଦୁର ଶାସ୍ତ୍ରୀ ଜୟନ୍ତୀ ପାଳନ



ସମ୍ବଲପୁର , (ପି.ଏନ) : ସମ୍ବଲପୁର ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲାସ୍ତରୀୟ ମହାତ୍ମା ଗାନ୍ଧୀ ଓ ଲାଲବାହାଦୁର ଶାସ୍ତ୍ରୀ ଜୟନ୍ତୀ ସମାରୋହ ଅନୁଷ୍ଠିତ ହୋଇଯାଇଛି ।ଉକ୍ତ ଉତ୍ସବରେ ମୁଖ୍ୟ ଅତିଥି ଶ୍ରୀ ସିଦ୍ଧ ?ଶ୍ୱର ବଳିରାମ ବୋନ୍ଦର, ଜିଲ୍ଲାପାଳ, ସମ୍ବଲପୁର, ମୁଖ୍ୟବକ୍ତା ଶ୍ରୀ ଅଜାମ୍ବର ମହାନ୍ତି , ଅତିରିକ୍ତ ଜିଲ୍ଲାପାଳ,ସମ୍ବଲପୁର,ସମ୍ମାନିତ ଅତିଥି ସମ୍ବଲପୁର ମହାନଗର ନିଗମ ର କମିଶନର ଶ୍ରୀ ବେଦଭୂଷଣ, ସମ୍ମାନିତ ଅତିଥି ଉପ ଜିଲ୍ଲାପାଳ ଡ. ପୁଷ୍ପାଞ୍ଜଳି ପଣ୍ଡା ପ୍ରମୁଖ ମଞ୍ଚାସୀନ ଥିଲେ। ଉକ୍ତ ଉତ୍ସବ ଅବସରରେ ଜିଲ୍ଲାପାଳ ଙ୍କ ସମ୍ମିଳନୀ କକ୍ଷ ଠାରେ ଆୟୋଜିତ ସମାରୋହ ରେ ଅତିଥିବୃନ୍ଦ ଗାନ୍ଧୀଜି ଓ ଲାଲବାହାଦୁର ଶାସ୍ତ୍ରୀ ଙ୍କ ଫୋଟୋଚିତ୍ର ରେ ପୁଷ୍ପଗୁଚ୍ଛ ଅର୍ପଣ କରିଥିଲେ ।ପରେ ଶିଶୁମନ୍ଦିର ର ଛାତ୍ରଛାତ୍ରୀ ଙ୍କ ଦ୍ୱାରା ରଘୁପତି ରାଘବ ଓ ବୈଷ୍ଣବ ଜନତୋ ଗାନ ପରିବେଷଣ କରଯାଇଥିଲା ।ପରେ ସର୍ବଧର୍ମ ପ୍ରାର୍ଥନା ର ଆୟୋଜନ କରଯାଇଥିଲା। ସର୍ବଧର୍ମ ପ୍ରାର୍ଥନା ରେ ପଣ୍ଡିତ ବ୍ୟାସଦେବ ପଣ୍ଡା , ପାଷ୍ଟର ଇଶାକ ନାୟକ , ମୌଲାନା କାଶିଫ ରଜା ଏବଂ ଗୁରୁ ସୁରଜିତ ସିଂ ବର୍ନାଲା ଯୋଗ ଦେଇଥିଲେ। ଜିଲ୍ଲାପାଳ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଗାନ୍ଧୀଜୀ ଙ୍କ ସତ୍ୟ, ଅହିଂସା,ସ୍ୱଦେଶୀ ଓ ସତ୍ୟାଗ୍ରହ ଏଇ ଚ୍ାରିଗୋଟି ସ୍ତମ୍ଭ କୁ ଅନୁସରଣ କରି ନିଜ ଜୀବନରେ ଆଗକୁ ବଢିବା ପାଇଁ ଆହ୍ୱାନ ଦେଇଥିଲେ। ଈଶ୍ୱର ଏକ, ମାନବ ସେବା ହିଁ ଈଶ୍ୱର ସେବା ବୋଲି ଶ୍ରୀ ବୋନ୍ଦର କହିଥିଲେ ।ଆଜିର ଦିନରେ ସ୍ୱଛତା ପକ୍ଷ ର ଅନ୍ତିମ ଦିନ ଉପଲକ୍ଷେ ନିଜର ସାମାଜିକ,ପାରିବାରିକ ଜୀବନ କୁ ସୁସ୍ଥ କରିବା ପାଇଁ ନିଜର ପରିବେଶ କୁ ସ୍ୱଚ୍ଛ ରଖିବା ପାଇଁ ଜିଲ୍ଲାପାଳ ଅନୁରୋଧ ମଧ୍ୟ କରିଥିଲେ। ଶେଷରେ ଆସିଥିବା ସମ୍ମାନିତ ଧର୍ମଗୁରୁ ମାନଙ୍କୁ ଅତିଥି ଙ୍କ ଦ୍ୱାରା ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଏହି ଜୟନ୍ତୀ ଉତ୍ସବରେ ବିଦ୍ୟାଳୟ ଛାତ୍ର ଛାତ୍ରୀ, ଅଭିଭାବକ, ଗଣମାଧ୍ୟମ ପ୍ରତିନିଧି, ସ୍ଥାନୀୟ ବୁଦ୍ଧିଜୀବୀ, ଶିକ୍ଷକ ଶିକ୍ଷୟତ୍ରୀ ଯୋଗ ଦେଇଥିଲେ। ଏହି ଦିବସ ବ୍ୟାପି କାର୍ଯ୍ୟକ୍ରମ ର ପ୍ରାରମ୍ଭ ରେ ପ୍ରାତଃ ରୁ ସହରରେ ଜିଲ୍ଲା ସୂଚ୍ନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ଡାକବାଜି ଯନ୍ତ୍ର ଯୋଗେ ରାମଧୁନ ପରିବେଷଣ କରଯାଇଥିଲା। ଏହା ପରେ ସମ୍ବଲପୁର ର ଜିଲ୍ଲାପାଳ ଙ୍କ ସମେତ ପ୍ରମୁଖ ପ୍ରଶାସନିକ ଅଧିକାରୀ ସହିଦ ସ୍ତମ୍ଭ, ଭତରା ସ୍ଥିତ ଗାନ୍ଧୀମନ୍ଦିର, ଏବଂ କମିଶନର କୋଲୋନି ଫିଲ୍ଡ ସ୍ଥିତ ଜାତିର ପିତା ଗାନ୍ଧୀଜୀ ଙ୍କ ପ୍ରତିମୂର୍ତ୍ତି ରେ ମାଲ୍ୟାର୍ପଣ କରିଥିଲେ।

## ନବରଙ୍ଗପୁର ଠାରେ ଜିଲ୍ଲା ସ୍ତରୀୟ ମହାତ୍ମା ଗାନ୍ଧୀ ତଥା ଲାଲ ବାହାଦୁର ଶାସ୍ତ୍ରୀ ଜୟନ୍ତୀ ମହାସମାରୋହରେ ପାଳିତ

ନବରଙ୍ଗପୁର, (ପି.ଏନ): ଆଜି ସ୍ଥାନୀୟ ରାଜା ଚୈତନ୍ୟ ଦେବ ନୋଡାଲ ଉଚ୍ଚ ବିଦ୍ୟାଳୟରେ ଠାରେ ଜିଲ୍ଲା ସ୍ତରୀୟ ମହାତ୍ମା ଗାନ୍ଧୀ ତଥା ଲାଲ ବାହାଦୁର ଶାସ୍ତ୍ରୀ ଜୟନ୍ତୀ ପାଳିତ ହୋଇଯାଇଛି। ମାନ୍ୟବର ବିଧାୟକ ନବରଙ୍ଗପୁର ଶ୍ରୀଯୁକ୍ତ ଗୌରୀ ଶଙ୍କର ମାଝୀ ମୁଖ୍ୟ ଅତିଥି , ସମ୍ମାନିତ ଅତିଥି ରୂପେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀଯୁକ୍ତ ମହେଶ୍ୱର ନାୟକ , ପୌରପରିଷଦ ଅଧକ୍ଷ ଶ୍ରୀଯୁକ୍ତ କୁନୁ ନାୟକ ମୁଖ୍ୟ ବକ୍ତା ଶ୍ରୀ ବିଜୟ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ଅନ୍ୟତମ ଅତିଥଭାବେ ତହସିଲଦାର ଶ୍ରୀ କୈଳାଶ ତ୍ରିପାଠୀ,ଡି ଏସ ଡବ୍ଲୁ ଓ ଦ୍ରୌପଦି କହଁର, ଆର ସି ଡି ହାଇସ୍କୁଲ ପ୍ରଧାନ ଶିକ୍ଷୟତ୍ରୀ ଶ୍ରୀମତୀ ସୁପ୍ରିୟା ନାୟକ, ଡି ସି ଓ ଶ୍ରୀ ଘାସିଆ ହରିଜନ ପ୍ରମୁଖ ଉପସ୍ଥିତ ଥିଲେ।

## ଧବଳମୁଖି ବେଶରେ ଦର୍ଶନ ଦେଲେ ସମ୍ବଲପୁରର ଅଧିଷ୍ଠାତ୍ରୀ ଦେବୀ ମା' ସମଲେଶ୍ୱରୀ



ସମ୍ବଲପୁର,(ପି.ଏନ): ଧବଳମୁଖି ବେଶରେ ଦର୍ଶନ ଦେଲେ ସମ୍ବଲପୁରର ଅଧିଷ୍ଠାତ୍ରୀ ଦେବୀ ମା ସମଲେଶ୍ୱରୀ ଓ ପବିତ୍ର ମହାଳୟା ଦିନ ପିତୃପୁରୁଷଙ୍କୁ ପିଣ୍ଡଦାନ ପରେ ସମଲେଶ୍ୱରୀଙ୍କ ଧବଳମୁଖୀ ବେଶ ଦର୍ଶନ କଲେ ଗଙ୍ଗା ସ୍ନାନର ପୁଣ୍ୟ ମିଳେ ବୋଲି ବିଶ୍ୱାସ ରହିଛି । ମା' ଙ୍କ ଏହି ବେଶକୁ ଗଙ୍ଗା ବେଶ ବୋଲି ମଧ୍ୟ କୁହାଯାଇଥାଏ ଓ ଆଜିଠୁ ଆରମ୍ଭ ହୋଇଛି ନବରାତ୍ର ପୂଜା ଓ ବିଭିନ୍ନ ଶକ୍ତିପୀଠ ଗୁଡିକରେ ମାଆଙ୍କୁ ଭିନ୍ନ ଭିନ୍ନ ରୂପରେ ଆରାଧନା କରାଯାଉଛି ଓ ସେପଟେ ଲକ୍ଷାଧିକ ଭକ୍ତଙ୍କ ଭିଡକୁ ଦୃଷ୍ଟିରେ ରଖି ପୋଲିସ ପ୍ରଶାସନ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି ।

## ସାଧାରଣ ଲୋକଙ୍କ ନେତା ସହ ନୀତି ନିଷ୍ଠ ବ୍ୟକ୍ତିତ୍ୱ ଥିଲେ ଶ୍ରୀବଲ୍ଲଭ

ସମ୍ବଲପୁର,(ପି.ଏନ): ଶ୍ରୀବଲ୍ଲଭ ପାଣିଗ୍ରାହୀ ସାଧାରଣ ଲୋକର ନେତା ସହିତ ନୀତି ନିଷ୍ଠ ବ୍ୟକ୍ତିତ୍ୱ ଥିଲେ ଓ ସାଧାରଣ ଲୋକର ସମସ୍ୟା ବୁଝି ତା'ର ସେ ସମାଧାନ କରୁଥିଲେ ବୋଲି ତାଙ୍କ ୮୪ତମ ଜୟନ୍ତୀ ସଭାରେ ମତପ୍ରକାଶ ପାଇଛି ଓ ଫାଉଣ୍ଡେସନର ଅଧ୍ୟକ୍ଷା ତଥା ପୂର୍ବତନ ବିଧାୟିକା ଡା. ରାସେଶ୍ୱରୀ ପାଣିଗ୍ରାହୀ ଙ୍କ ପୌରୋହିତ୍ୟ ରେ ସ୍ଥାନୀୟ ଡଃ ରାଧାନାଥ ରଥ କମ୍ୟୁନିଟି ସେଣ୍ଟରରେ ରବିବାର ଶ୍ରୀବଲ୍ଲଭ ଓ ସୁନନ୍ଦା ପାଣିଗ୍ରାହୀ ଫାଉଣ୍ଡେସନ ପକ୍ଷରୁ ପୂର୍ବତନ ମନ୍ତ୍ରୀ, ସାଂସଦ ଶ୍ରୀବଲ୍ଲଭ ପାଣିଗ୍ରାହୀଙ୍କ ୮୪ତମ ଜୟନ୍ତୀ ପାଳନ ଉତ୍ସବରେ ମୁଖ୍ୟଅତିଥି ଭାବେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚ୍ାଳନା ମନ୍ତ୍ରୀ ସୁରେଶ ପୂଜାରୀ ଯୋଗଦେଇ ଶ୍ରୀବଲ୍ଲଭ ବାବୁଙ୍କ ସମୟରେ ପ୍ରତିପକ୍ଷକୁ ଭଲ ପାଇବାର ଯେଉଁ ଚ୍ରିତ୍ର ଥିଲା, ତାହା ଆଜି ଆଉ ନାହିଁ ବୋଲି କହିଥିଲେ ଓ ମୁଖ୍ୟବକ୍ତା ଭାବେ ପୂର୍ବତନ ମନ୍ତ୍ରୀ ନିରଞ୍ଜନ ପଟ୍ଟନାୟକ ଯୋଗଦେଇ ଗଙ୍ଗାଧର ମେହେର ମହାବିଦ୍ୟାଳୟରେ ଛାତ୍ରସଂସଦର ସାଧାରଣ ସମ୍ପାଦଥିବା ଶ୍ରୀବଲ୍ଲଭଙ୍କ ବ୍ୟକ୍ତିତ୍ୱ ଓ କାର୍ଯ୍ୟର ସ୍ମୃତିଚ୍ାରଣ କରିଥିଲେ ଓ ସମ୍ମାନିତ ଅତିଥି ଭାବେ ପୂର୍ବତନ ମନ୍ତ୍ରୀ ପ୍ରକାଶ ଚ୍ନ୍ଦ୍ର ଦେବତା କହିଥିଲେ, ଶ୍ରୀବଲ୍ଲଭ ତାଙ୍କ ନୀତି ଆଦର୍ଶରେ କେବେ ସାଲିସ କରି ନ ଥିଲେ ଓ ଅନ୍ୟତମ ସମ୍ମାନିତ ଅତିଥି ତାଳଚେର ବିଧାୟକ ବ୍ରଜ କିଶୋର ପ୍ରଧାନ କହିଥିଲେ, ଶ୍ରୀବଲ୍ଲଭ ଥିଲେ ସମ୍ବଲପୁରର ନବନିର୍ମାତା ଓ କୌଣସି ପ୍ରସଙ୍ଗ ହାତକୁ ନେଲେ ତା'କୁ ସଫଳ ନ କରିବା ପର୍ଯ୍ୟନ୍ତ ଛାଡୁ ନ ଥିଲେ ଓ ଶ୍ରୀବଲ୍ଲଭଙ୍କ ଭାଇ ସୁଭାଷ ପାଣିଗ୍ରାହୀ ଅତିଥି ପରିଚ୍ୟ ପ୍ରଦାନ କରିଥିବା ବେଳେ ଫାଉଣ୍ଡେସନର ଟ୍ରଷ୍ଟି ବଡ଼ପୁଅ ପ୍ରିୟଦର୍ଶୀ ପାଣିଗ୍ରାହୀ, ଅନ୍ୟତମ ଟ୍ରଷ୍ଟି ତଥା ସାନପୁଅ ରାଜଶ୍ରୀ ପାଣିଗ୍ରାହୀ ପ୍ରମୁଖ ଏଥିରେ ଉଦ୍ ?ବୋଧନ ଦେଇଥିଲେ ଓ ଡ଼ଃ ଗୋରି ଦାସ ପଧାନ ସଭା ପରିଚ୍ାଳନା କରିଥିଲେ ।

## ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ପାଳନ ଓ ସଚେତନତା ଶୋଭାଯାତ୍ରା



ଜେନାପୁର,(ପି.ଏନ୍): ବଣମଲ୍ଲୀ ସାହିତ୍ୟ ଓ ସେବା ସଂଗଠନ ଆନୁକୂଲ୍ୟରେ ସକାଳ ୯ ଘଟିକାରେ ବୃନ୍ଦାଦେଇପୁର ଶାସନସ୍ଥିତ ଗଡ଼ଜାତ ସ୍ମାରକୀ ପୀଠ ଠାରେ ପୂଜ୍ୟ ଗାନ୍ଧିଜୀ ଓ ଶାସ୍ତ୍ରୀଜୀଙ୍କ ଜୟନ୍ତୀ ପାଳନ ହୋଇଯାଇଛି। ଅନୁଷ୍ଠାନର ସଭାପତି ଡ. ଜୟଦେବ ଶତପଥୀଙ୍କ ସଂଯୋଜନାରେ ଅତିଥି ଭାବେ କବାଟବନ୍ଧ ସ୍ୱାସ୍ଥ୍ୟ ଓ ଆରୋଗ୍ୟ କେନ୍ଦ୍ରର ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ନିହାର ରଞ୍ଜନ କର,ଅବସର ପ୍ରାପ୍ତ ଶିକ୍ଷକ ପ୍ରମୋଦ କୁମାର ମଲ୍ଲିକ,ରଘୁନାଥ ବେହେରା, ସମାଜସେବୀ ପଦ୍ମନାଭ ଶତପଥୀ, କ୍ଷେତ୍ରବାସି ରାଉତ,ଶିକ୍ଷକ କୃଷ୍ଣଚ୍ନ୍ଦ୍ର ସାହୁ,ବିଶ୍ୱନାଥ ଟୁଡୁ,ମେଘନାଦ ଶତପଥୀ,ରସାନନ୍ଦ ସାହୁ,ପ୍ରମୁଖ ଉଭୟ ମହାପୁରୁଷଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ ସହ ଏକ ସୁସ୍ଥ ଓ ନିଶାମୁକ୍ତ ସମାଜ ଗଢ଼ିବା ପାଇଁ ଆହ୍ୱାନ ଦେଇଥିଲେ। ଏହା ପରେ ଉପସଭାପତି ନିର୍ମାଲ୍ୟ ପ୍ରଧାନ, କାର୍ଯ୍ୟକାରୀ ସମ୍ପାଦକ ସରୋଜକାନ୍ତ ବେହେରା, ସମ୍ପାଦକ ମାନସ ରଞ୍ଜନ ପ୍ରଧାନଙ୍କ ନେତୃତ୍ୱରେ ସଦସ୍ୟ ଲାଲମୋହନ ଶତପଥୀ,ଅନ୍ତର୍ଯ୍ୟାମୀ ବେହେରା, ସୁବ୍ରତ ସାହୁ,ଋତୁପର୍ଣ୍ଣା ମହାନ୍ତି, ମାମାଲି ବାରିକ,ଆଦର୍ଶ ବାରିକ, ଅଭିଷେକ ବରାଳ,ସିଦ୍ଧାନ୍ତ ପଲାଇ,ବୃନ୍ଦାଦେଇପୁର ଗ୍ରାମ ପଞ୍ଚାୟତର ନାଏବ ସରପଞ୍ଚ ରିତାଞ୍ଜଳି ସାହୁ,ପଞ୍ଚାୟତ ସମିତି ସଦସ୍ୟ ଦୀପକ ଦାସ,ଉପମା ଶତପଥୀ,ସିପ୍ରା ସୋନାଲି ଶତପଥୀ ଓ ସ୍ଥାନୀୟ ମହିଳା ମାନେ ଓ ବୃନ୍ଦାଦେଇପୁର ପ୍ରକଳ୍ପ ଉଚ୍ଚ୍ଚ ପ୍ରାଥମିକ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ମାନେ ସ୍ୱଚ୍ଛତା ଓ ନିଶାମୁକ୍ତି ବାର୍ତ୍ତା ନେଇ ବିଭିନ୍ନ ଗ୍ରାମ ପରିକ୍ରମା କରି ସଚେତନତା ସୃଷ୍ଟି କରିଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray